ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବରକାଗଜ

# ପର୍ଯ୍ୟବେକ୍ଷକ

PARYABEKHYAK ପର୍ଯବେକ୍ଷକ

visit us at
www.paryabekhyak.com

FIND US ON facebook.com/paryabekhyak
FOLLOW US ON TWITTER twitter.com/paryabekhyak

Vol.24 . No.252 Bhubaneswar Friday, November 26, 2021 | ୨୪ତମ ବର୍ଷ ସଂଖ୍ୟା–୨୫୨ ଭୁବନେଶ୍ୱର, ଶୁକ୍ରବାର, ନଭେମ୍ବର ୨୬, ୨୦୨୧ (୮ ପୃଷ୍ଠା) ମୂଲ୍ୟ–୧.୫୦ ₹ 1.50 (Air Surcharge - 0.50P) Member-INS

## ଆମେ ଧାର୍ଯ୍ୟ କରିଥିବା ରେଟ୍‌ରେ ପନିପରିବା କିଣ, ନହେଲେ ଗଞ୍ଜେଇ ଚାଷ କରିବୁ

ମାଲକାନଗିରି, ୨୫।୧୧(ପି.ଏନ): ଆମେ ଧାର୍ଯ୍ୟ କରିଥିବା ଦରରେ ପନିପରିବା କିଣିଲେ ଗଞ୍ଜେଇ ଚାଷ କରିବୁନାହିଁ। ନହେଲେ ଗଞ୍ଜେଇ ଚାଷ କରିବୁ। ଆଜି ପ୍ରଜା ମେଳି କରି ଏପରି ଚେତାବନୀ ଦେଇଛନ୍ତି ମାଲକାନଗିରି ଜିଲ୍ଲାର ସ୍ୱାଭିମାନ ଅଞ୍ଚଳର ଆଦିବାସୀ। ପୁଲିସ ଓ ଅବକାରୀ ବିଭାଗ ମିଳିତ ଭାବେ ବେଆଇନ୍ ଗଞ୍ଜେଇ ଚାଷକୁ ନଷ୍ଟ କରୁଥିବା ବେଳେ ଆଦିବାସୀଙ୍କ ଏପରି ଚେତାବନୀ ରାଜ୍ୟ ସରକାରଙ୍କ ମୁଣ୍ଡ ବିନ୍ଧାର କାରଣ ସାଜିଛି।ଧୂଳିପୁଟ ଓ ରାଲେଗଡ଼ ପଞ୍ଚାୟତର ପ୍ରାୟ ୩୦ରୁ ଅଧିକ ଗାଁର ଶତାଧିକ ଆଦିବାସୀ ମେଳି କରିଛନ୍ତି। ମେଳି ପୂର୍ବରୁ ସେମାନେ ଶୋଭାଯାତ୍ରା କରି ପ୍ରଶାସନର ଗଞ୍ଜେଇ ଚାଷ ଉଚ୍ଛେଦ ଅଭିଯାନକୁ ଜୋରଦାର ବିରୋଧ କରିଛନ୍ତି। ତା’ସହିତ ସେମାନେ ଦାବି କରିଛନ୍ତି, ଗଞ୍ଜେଇ ଏବେ ସବୁଠୁ ଲାଭଜନକ ଚାଷ। ଅର୍ଥ ଉପାର୍ଜନର ମୁଖ୍ୟ ଉତ୍ସ ପାଲଟିଛି। ଏପରି ସ୍ଥିତି ଗଞ୍ଜେଇ ଗଛ ନଷ୍ଟ କରାଯାଉଥିବାରୁ ଏହାର ପ୍ରଭାବ ପରିବାର ଉପରେ ପଡୁଛି ବୋଲି ଆଦିବାସୀମାନେ ଅଭିଯୋଗ କରିଛନ୍ତି। ସେପଟେ ଦେଖିବାକୁ ଗଲେ ସ୍ୱାଭିମାନ ଅଞ୍ଚଳ ପାହାଡିଆ ଓ ଜଙ୍ଗଲ ଜମି ହୋଇଥିବାରୁ ସେଠି ଫସଲ ଠିକ୍‌ରେ ହେଉନାହିଁ। ଯେଉଁ ପନିପରିବା ଓ ପାହାଡିଆ ଫସଲ ହେଉଛି, ତା’ର ଉଚିତ ମୂଲ୍ୟ ମିଳୁନାହିଁ। ତେଣୁ ବାଧ୍ୟ ହୋଇ ଗଞ୍ଜେଇ ଚାଷକୁ ଭରସା କରୁଛନ୍ତି। ଏଥିସହ ଆଦିବାସୀମାନେ ଉତ୍ପାଦିତ କରୁଥିବା ବିଭିନ୍ନ ସାମଗ୍ରୀର ମୂଲ୍ୟ ନିର୍ଦ୍ଧାରଣ କରିଛନ୍ତି। ତାଙ୍କ କହିବା ଅନୁସାରେ ହଳଦୀ କିଲୋ ପିଛା ୩୦୦ଶହ ଟଙ୍କା, ତେନ୍ତୁଳି କିଲୋ ପିଛା ୧୦୦ ଟଙ୍କା, ଗୋଲମରିଚ୍ କିଲୋ ପିଛା ୧୦୦୦ ଟଙ୍କା, କାନ୍ଦୁଲଡାଲି କିଲୋ ପିଛା ୨୦୦ ଟଙ୍କା, ବାଦାମ କିଲୋ ପିଛା ୨୦୦ ଟଙ୍କା, ମାଣ୍ଡିଆ କିଲୋ ପିଛା ୫୦ ଟଙ୍କା, ଅଦା କିଲୋ ପିଛା ୧୫୦ ଟଙ୍କା, ଫୁଲଝାଡୁ ଗୋଟାକୁ ୧୫୦ ଟଙ୍କା ଓ କଫି କିଲୋପିଛା ୫୦୦ ଟଙ୍କା ଧାର୍ଯ୍ୟ କରିଛନ୍ତି। ଏହି ରେଟରେ ଜିନିଷ କିଣାଗଲେ ଆଉ ଗଞ୍ଜେଇ ଚାଷ କରିବେ ନାହିଁ ବୋଲି ସ୍ୱାଭିମାନ ଅଞ୍ଚଳର ଆଦିବାସୀମାନେ ରୋକ୍‌ଠୋକ୍ ଭାବେ ଶୁଣାଇ ଦେଇଛନ୍ତି।ସେପଟେ ସ୍ୱାଭିମାନ ଅଞ୍ଚଳକୁ ଗୁରୁପ୍ରିୟା ସେତୁ ହେବା ପରଠାରୁ ନକ୍ସଲ କାର୍ଯ୍ୟକଳାପ କମିଛି। ତାହା ସହିତ ଆଦିବାସୀ କରୁଥିବା ବେଆଇନ୍ ଗଞ୍ଜେଇ ଚାଷର ମୂଳପୋଛ ପାଇଁ ଅହରହ ଉଦ୍ୟମ ଚାଲିଛି। ତଥ୍ୟ ଅନୁସାରେ ପୁଲିସ ଓ ଅବକାରୀ ପ୍ରଶାସନର ମିଳିତ ଭାବେ ଅଦ୍ୟାବଧି ଜିଲ୍ଲାର ବିଭିନ୍ନ ଦୁର୍ଗମ ଅଞ୍ଚଳରେ ୨୪୩ ଏକର ଜମିରେ ଗଞ୍ଜେଇ ଚାଷ ନଷ୍ଟ କରି ସାରିଲାଣି। ଏହି ଅଭିଯାନ ଆସନ୍ତା ଜାନୁଆରୀ ପର୍ଯ୍ୟନ୍ତ ଚାଲିବ।ଏପଟେ ସରକାରଙ୍କ ସଚେତନତା ଫଳରେ ବହୁ ସ୍ଥାନରେ ଲୋକ ଗଞ୍ଜେଇ ଚାଷ ଛାଡ଼ି ପନିପରିବା ଓ ଅନ୍ୟାନ୍ୟ ପରାମ୍ପରିକ କୃଷି କରିବାକୁ ମନ ବଳାଇଛନ୍ତି। ତାସତ୍ତ୍ୱେ ଲାଭ ଅଧିକ ମିଳୁଥିବାରୁ ଅନେକ ଅଞ୍ଚଳରେ ଗଞ୍ଜେଇ ଚାଷରୁ ମୁହଁ ଫେରାଉ ନାହାନ୍ତି ଆଦିବାସୀ। ତେଣୁ ଏଭଳି ସ୍ଥିତିରେ ଅଦିବାସୀଙ୍କ ଜୀବନ ଓ ଜୀବୀକାକୁ ଲକ୍ଷ୍ୟ ରଖି ପ୍ରଶାସନିକ ସ୍ତରରେ ଉଦ୍ୟମ କରାଯିବା ସହ ସେମାନଙ୍କ ଦ୍ୱାରା ଉତ୍ପାଦିତ ସାମଗ୍ରୀର ମଧ୍ୟ ସଠିକ ବିକ୍ରି ବଟା ବ୍ୟବସ୍ଥା କରାଯାଉଥିବା କହିଛନ୍ତି ମାଲକାନଗିରି ଅବକାରୀ ଅଧିକ୍ଷକ ଅରୁଣ କୁମାର ପାଢ଼ୀ।



### ବିଧାନସଭା ଶୀତ ଅଧିବେଶନ ପାଇଁ ୨୮ରୁ ବିଧାୟକଙ୍କ କୋଭିଡ୍ ପରୀକ୍ଷା

ଭୁବନେଶ୍ୱର, ୨୫।୧୧(ପି.ଏନ): ଆସନ୍ତା ୧ ତାରିଖରୁ ରାଜ୍ୟ ବିଧାନସଭାର ଶୀତ ଅଧିବେଶନ ଆରମ୍ଭ ହେବାକୁ ଥିବାବେଳେ ଏହା ପୂର୍ବରୁ ସମସ୍ତ ବିଧାୟକଙ୍କ ସହ ସମସ୍ତ ପିଏସଓ, ଡ୍ରାଇଭର ଓ ଅନ୍ୟ କର୍ମଚାରୀଙ୍କର ମଧ୍ୟ ନମୁନା ପରୀକ୍ଷା କରାଯିବ। ଏଥିପାଇଁ ଆସନ୍ତା ୨୮, ୨୯ ଓ ୩୦ ତାରିଖ ଦିନ ଧାର୍ଯ୍ୟ କରାଯାଇଛି। ଏନେଇ ଆଜି ବିଧାନସଭା ବାଚସ୍ପତି ସୂର୍ଯ୍ୟନାରାୟଣ ପାତ୍ର ସୂଚନା ଦେଇଛନ୍ତି। କୋଭିଡ୍ କଟକଣା ଭିତରେ ବିଧାନସଭା ଚାଲିବ ବୋଲି ଜଣାଯାଇଛି । ସେ କହିଛନ୍ତି ଯେ ବିଧାନସଭାର ସଦସ୍ୟମାନେ ଗୃହରେ ବସିବା ସହିତ ବାଚସ୍ପତି ଗ୍ୟାଲେରି, ପବ୍ଲିକ ଗ୍ୟାଲେରି, ଲୋକସେବା ଭବନରୁ ଯୋଗ ଦେଇପାରିବେ। ଅଧିବେଶନ ପୂର୍ବରୁ ସମସ୍ତ ବିଧାୟକ, ବିଧାୟିକାଙ୍କର କୋଭିଡ୍ ଟେଷ୍ଟ କରାଯିବ। ଖାଲି ସେତିକି ନୁହେଁ, ବାଚସ୍ପତିଙ୍କ କହିବା କଥା, ଏନେଇ ସ୍ୱାସ୍ଥ୍ୟ ବିଭାଗର ସଚିବ ଓ ଅଧିକାରୀଙ୍କ ସହିତ ଆଲୋଚନା ହୋଇଛି। ବିଏମସି ତରଫରୁ ମଧ୍ୟ ବିଧାନସଭାକୁ ପ୍ରତିଦିନ ବିଶୋଧନ କରାଯିବ। ତେବେ ବିଧାନସଭା କେତେ ସମୟ ଚାଲିବ ସେନେଇ ଆସନ୍ତା ୨୯ ତାରିଖରେ ହେବାକୁ ଥିବା ସର୍ବଦଳୀୟ ବୈଠକରେ ନିଷ୍ପତି ନିଆଯିବ ବୋଲି ସେ ସୂଚନା ଦେଇଛନ୍ତି।

### ୨୯ ବେଳକୁ ଲଘୁଚାପ ସମ୍ଭାବନା

ଭୁବନେଶ୍ୱର, ୨୫।୧୧(ପି.ଏନ): ଆସନ୍ତା ନଭେମ୍ବର ୨୯ ତାରିଖ ବେଳକୁ ଦକ୍ଷିଣ ଆଣ୍ଡାମାନ ସାଗରରେ ଏକ ଲଘୁଚାପ କ୍ଷେତ୍ର ସୃଷ୍ଟି ହେବାର ସମ୍ଭାବନା ରହିଛି। ଯାହା କ୍ରମେ ସ୍ୱଷ୍ଟଚିହ୍ନିତ ଲଘୁଚାପ କ୍ଷେତ୍ରରେ ପରିଣତ ହେବା ସହ ଅଧିକ ଘନିଭୂତ ହୋଇ କ୍ରମଶଃ ପଶ୍ଚିମ–ଉତର ଦିଗକୁ ଗତି କରିପରେ।

## ଗୋଟିଏ ଦିନରେ ୩୩୫ କରୋନା ଆକ୍ରାନ୍ତ ଚିହ୍ନଟ

ଭୁବନେଶ୍ୱର, ୨୫।୧୧(ପି.ଏନ): ରାଜ୍ୟରେ ଗୋଟିଏ ଦିନରେ ୩୩୫ ଜଣ ନୂଆ କରୋନା ଆକ୍ରାନ୍ତ ଚିହ୍ନଟ ହେବା ପରେ ମୋଟ କରୋନା ସଂକ୍ରମିତଙ୍କ ସଂଖ୍ୟା ୧୦୪୮୦୦୯କୁ ବୃଦ୍ଧି ପାଇଛି। ସେହିପରି ୧୮ ବର୍ଷରୁ କମ ୪୭ ଜଣ କରୋନା ସଂକ୍ରମିତ ଚିହ୍ନଟ ହୋଇଛନ୍ତି । ସୂଚନା ଓ ଲୋକ ସମ୍ପର୍କ ବିଭାଗ ପକ୍ଷରୁ ଟ୍ୱିଟ କରି ସୂଚନା ଦିଆ ଯାଇଛି । ସୁସ୍ଥ ହୋଇଥିବା ଆକ୍ରାନ୍ତଙ୍କ ସଂଖ୍ୟା ୧୦ ଲକ୍ଷ ୩୭ ହଜାର ୧୫୨ ହୋଇଛି । ରାଜ୍ୟରେ ବର୍ତମାନ ସୁଦ୍ଧା ସକ୍ରିୟ ରୋଗୀଙ୍କ ସଂଖ୍ୟା ୨୪୦୩ ରହିଛି । ଆଜି ଚିହ୍ନଟ ହୋଇଥିବା ୩୩୫ ଜଣଙ୍କ ମଧ୍ୟରୁ ୧୯୭ ଜଣ ସଂଗରୋଧରୁ ହୋଇଥିବା ବେଳେ ୧୩୮ ଜଣ ସ୍ଥାନୀୟ ଲୋକ ବୋଲି ସୂଚନା ଓ ଲୋକ ସମ୍ପର୍କ ବିଭାଗ ପକ୍ଷରୁ ସୂଚନା ଦିଆ ଯାଇଛି । କରୋନା ପଜିଟିଭ ମାମଲା ସାମନାକୁ ଆସିବା ପରେ ଏହି ବାବଦରେ କଂଟାକ୍ଟ ଟ୍ରେସିଂ ଓ ଅନ୍ୟ ଆବଶ୍ୟକୀୟ ପଦକ୍ଷେପ ଗ୍ରହଣ କରା ଯାଉଥିବା ସ୍ୱାସ୍ଥ୍ୟ ବିଭାଗ ପକ୍ଷର ପ୍ରକାଶ କରା ଯାଇଛି । ଆଜି ଚିହ୍ନଟ ହୋଇଥିବା କୋରୋନା ଆକ୍ରାନ୍ତ ମାନେ ମୋଟ ୨୧ ଟି ଜିଲ୍ଲାର ହୋଇଥିବା ସ୍ୱାସ୍ଥ୍ୟ ବିଭାଗ ପକ୍ଷରୁ ସୂଚନା ଦିଆ ଯାଇଛି ।ସ୍ୱାସ୍ଥ୍ୟ ବିଭାଗ ବିଭାଗ ପକ୍ଷରୁ ଦିଆ ଯାଇଥିବା ସୂଚନା ଅନୁସାରେ ଖୋର୍ଧାରୁ ସବୁଠାରୁ ଅଧିକ ୧୪୧ ଜଣ କରୋନା ସଂକ୍ରମିତ ହୋଇଥିବା ଜଣା ପଡିଛି ।ଗତ ୨୪ ଘଂଟା ମଧ୍ୟରେ ଅନୁଗୁଳରୁ ୧ ଓ ବାଲେଶ୍ୱର ଜିଲ୍ଲାରୁ ୧୩ ସଂକ୍ରମିତ ଚିହ୍ନଟ ହୋଇଛନ୍ତି। ବରଗଡ଼ରୁ ୩ ଜଣ, ଭଦ୍ରକ ୩ ସଂକ୍ରମିତ ଚିହ୍ନଟ ହୋଇଥିବା ବେଳେ ବଲାଙ୍ଗିରରୁ ଜଣେ ହେଲେ ସଂକ୍ରମିତ ଚିହ୍ନଟ ହୋଇ ନାହାନ୍ତି। ବୌଦ୍ଧ ଜିଲ୍ଲାରୁ ୨ ସଂକ୍ରମିତ ଚିହ୍ନଟ ହୋଇଛନ୍ତି । କଟକରୁ ୨୧ ସଂକ୍ରମିତ ହୋଇଥିବା ବେଳେ ଦେବଗଡ ଜିଲ୍ଲାରୁ ୧ ସଂକ୍ରମିତ ଚିହ୍ନଟ ହୋଇଛନ୍ତି। ଢେଙ୍କାନାଳ ଜିଲ୍ଲାରୁ ୩ ସଂକ୍ରମିତ ଚିହ୍ନଟ ହୋଇଛନ୍ତି। ଗଜପତି ଓ ଗଂଜାମ ଜିଲ୍ଲାରେ ଜଣେ ହେଲେ ସଂକ୍ରମିତ ଚିହ୍ନଟ ହୋଇ ନାହାନ୍ତି । ଜଗତସିଂହପୁର ଜିଲ୍ଲାରୁ ୬ ଜଣ, ଯାଜପୁରରୁ ୧୦ ଜଣ ସଂକ୍ରମିତ ଚିହ୍ନଟ ହୋଇଛନ୍ତି । ଝାରସୁଗୁଡ଼ା ଜିଲ୍ଲାରୁ ୫ ସଂକ୍ରମିତ ଚିହ୍ନଟ ହୋଇଛନ୍ତି । କଳାହାଣ୍ଡି ଓ କନ୍ଧମାଳ ଜିଲ୍ଲାରୁ ଜଣେ ହେଲେ ସଂକ୍ରମିତ ଚିହ୍ନଟ ହୋଇ ନାହାନ୍ତି। କେନ୍ଦ୍ରାପଡ଼ାରୁ ୮ ଜଣ ସଂକ୍ରମିତ ଚିହ୍ନଟ ହୋଇଥିବା ବେଳେ କେନ୍ଦୁଝରରୁ ୩ ସଂକ୍ରମିତ ଚିହ୍ନଟ ହୋଇଛନ୍ତି ।ଖୋର୍ଦ୍ଧାରୁ ୧୪୧ ଜଣ ସଂକ୍ରମିତ ଚିହ୍ନଟ ହୋଇଥିବା ବେଳେ କୋରାପୁଟ ଓ ମାଲକାନଗିରି ଜିଲ୍ଲାରୁ ଜଣେ ହେଲେ ସଂକ୍ରମିତ ଚିହ୍ନଟ ହୋଇ ନାହାନ୍ତି । ମୟୂରଭଞ୍ଜ ଜିଲ୍ଲାରୁ ୧୨ ଜଣ ସଂକ୍ରମିତ ଚିହ୍ନଟ ହୋଇଥିବା ବେଳେ ନବରଙ୍ଗପୁରରୁ ଜଣେ ହେଲେ ଚିହ୍ନଟ ହୋଇ ନାହାନ୍ତି। ନୟାଗଡ ଜିଲ୍ଲାରୁ ୨ ସଂକ୍ରମିତ ଚିହ୍ନଟ ହୋଇଛନ୍ତି। ନୂଆପଡା ଜିଲ୍ଲାରୁ ଜଣେ ହେଲେ ସଂକ୍ରମିତ ଚିହ୍ନଟ ହୋଇ ନାହାନ୍ତି ।ପୁରୀ ଜିଲ୍ଲାରୁ ୬ ସଂକ୍ରମିତ ଚିହ୍ନଟ ହୋଇଥିବା ବେଳେ ରାୟଗଡ଼ା ଜିଲ୍ଲାରୁ ୧ ସଂକ୍ରମିତ ଚିହ୍ନଟ ହୋଇଛନ୍ତି ।ସମ୍ବଲପୁରରୁ ୫୧ ଜଣ ଓ ସୋନପୁର ଜିଲ୍ଲାରୁ ୧ ସଂକ୍ରମିତ ଚିହ୍ନଟ ହୋଇଛନ୍ତି ସୁନ୍ଦରଗଡ଼ରୁ ୮ ଜଣ ଓ ଷ୍ଟେଟ୍ ପୁଲରୁ ୩୪ ଜଣ ଆକ୍ରାନ୍ତ ଚିହ୍ନଟ ହୋଇଛନ୍ତି।

## ବିବାଦରେ ପାରାଦୀପ ବିଜେପି ସଙ୍ଗଠନ–ଜିଲ୍ଲା ଉପସଭାପତିଙ୍କୁ ଆକ୍ରମଣ, ଥାନାରେ ମାମଲା

ପାରଦୀପ, ୨୫।୧୧(ପିଏନ):ପାରାଦୀପର ଅଟଳ ବିହାରୀ ବାଜପେୟୀ ଟ୍ରଷ୍ଟର ଅଧ୍ୟକ୍ଷ ତଥା ଜିଲ୍ଲା ବିଜେପିର ଉପସଭାପତି ଅଜିତ କୁମାର ଦାସଙ୍କୁ ବୁଧବାର ଦିନ ଶ୍ରମିକ ନେତା ପ୍ରକାଶ ତ୍ରିପାଠୀ ଓ ତାଙ୍କର ଦୁଇ ସହଯୋଗୀ ଆକ୍ରମଣ କରିଥିବା ନେଇ ଶ୍ରୀ ଦାସ ପାରାଦୀପ ଆଦର୍ଶ ଥାନାରେ ଲିଖିତ ଅଭିଯୋଗ କରିଛନ୍ତି । ଘଟଣାରୁ ପ୍ରକାଶ ଯେ, ଆସନ୍ତା ଡିସେମ୍ବର ମାସ ୨୫ ତାରିଖରେ ଅଟଳ ବିହାରୀ ବାଜପେୟୀ ଟ୍ରଷ୍ଟ ପକ୍ଷରୁ ପୂର୍ବତନ ପ୍ରଧାନମନ୍ତ୍ରୀ ସ୍ୱର୍ଗତ ଅଟଳ ବିହାରୀ ବାଜପେୟୀଙ୍କ ଜନ୍ମ ଜୟନ୍ତୀ ପାଳନ କରାଯାଉଛି । ଏହି କାର୍ଯ୍ୟକ୍ରମରେ ଭୁବନେଶ୍ୱରର ସାଂସଦ ଅପରାଜିତା ଷଡଙ୍ଗୀ ଯୋଗ ଦେବାର କାର୍ଯ୍ୟକ୍ରମ ରହିଥିବା ବେଳେ ଏହାକୁ ବିରୋଧ କରି ଶ୍ରୀମତୀ ଷଡଙ୍ଗୀଙ୍କୁ ଅତିଥି ନକରିବାକୁ ଶ୍ରମିକ ନେତା ଶ୍ରୀ ତ୍ରିପାଠୀ ତାଙ୍କ ଘରକୁ ଶ୍ରୀ ଦାସଙ୍କୁ ଡକାଇ ମନା କରିଥିଲେ । ଶ୍ରୀ ଦାସ ଏଥିରେ ଅମଙ୍ଗ ହେବାରୁ ଶ୍ରୀ ତ୍ରିପାଠୀ ଓ ତାଙ୍କର ଦୁଇ ସମର୍ଥକ ଆକ୍ରମଣ କରିଥିଲେ । ଏହା ପରେ ଶ୍ରୀ ଦାସ ପାରାଦୀପ ଆଦର୍ଶ ଥାନାରେ ପହଂଚି ଘଟଣା ସମ୍ପର୍କରେ ଲିଖିତ ଅଭିଯୋଗ କରିଥିଲେ । ଏହା ପରେ ପୋଲିସ୍ ଶ୍ରୀ ଦାସଙ୍କ ପ୍ରାଥମିକ ଚିକିତ୍ସା ନିମନ୍ତେ ଅଠରବାଙ୍କୀ ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରକୁ ପଠାଇଥିଲେ । ଏ ସଂପର୍କରେ ପାରାଦୀପ ଥାନାରେ ୨୬୨/୨୧ ରେ ଏକ ମାମଲା ରୁଜୁ ହୋଇଛି । ଘଟଣାର ତଦନ୍ତ ଆରମ୍ଭ କରିଛି ପାରାଦୀପ ପୋଲିସ୍ । ଶ୍ରୀ ପ୍ରକାଶ ତ୍ରିପାଠୀ ବିଜେପି ନେତା ସମ୍ବିତ ସ୍ୱାଇଁଙ୍କ ସହଯୋଗୀ ହୋଇଥିବା ବେଳେ ଟ୍ରଷ୍ଟର ଅଧ୍ୟକ୍ଷ ଶ୍ରୀ ଦାସ ସାଂସଦ ଅପରାଜିତାଙ୍କୁ ନିମନ୍ତ୍ରଣ କରି ତାଙ୍କ ସମର୍ଥକ ହୋଇଯାଇଛନ୍ତି । ସମ୍ବିତ ସ୍ୱାଇଁ କେନ୍ଦ୍ରମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନଙ୍କ ଜଣାଶୁଣା ସମର୍ଥକ ଅଟନ୍ତି । ଏସଂପର୍କରେ ଶ୍ରମିକ ନେତା ଶ୍ରୀ ତ୍ରିପାଠୀଙ୍କୁ ପଚାରିବାରୁ ସେ ସ୍ପଷ୍ଟ ଭାବେ ଶ୍ରୀ ଦାସଙ୍କ ଆକ୍ରମଣକୁ ମନା କରି ଦେଇଥିଲେ । ଏଭଳି କୌଣସି ଆକ୍ରମଣରେ ମୁଁ ସାମିଲ ନୁହେଁ । ମୋ ବିରୁଦ୍ଧରେ ଆସିଥିବା ଏହି ଅଭିଯୋଗ ଭି□ୀହୀନ ବୋଲି କହିଛନ୍ତି । ତେବେ ଏହି ଆକ୍ରମଣ ଘଟଣା ପାରାଦୀପ ବିଜେପିକୁ ଦୁଇ ଭାଗରେ ବିଭକ୍ତ କରିଦେଇଛି । ଯାହାକି ଆଗାମୀ ନିର୍ବାଚନରେ ବିଜେପି ପାଇଁ କି ଫଳ ଦେବ ଦେଖିବାକୁ ବାକି ରହିଲା । ଏଥି ସହିତ ଡିସେମ୍ବର ୨୫ ତାରିଖର କାର୍ଯ୍ୟକ୍ରମ ଉପରେ ସହରବାସୀଙ୍କ ନଜର ରହିବ ।

## ୧୯ ମାସ ପରେ ଖୋଲିଲା କାଗଜ କଳ, କର୍ମଚାରୀ ଖୁସ୍

ଜୟପୁର, ୨୫।୧୧(ପି.ଏନ): ଦୀର୍ଘ ୧୯ ମାସର ବ୍ୟବଧାନ ପରେ ଖୋଲିଲା କୋରାପୁଟ ଜିଲ୍ଲା ଜୟପୁରର ଲାଇଫ ଲାଇନ୍ କୁହାଯାଉଥିବା କାଗଜ କଳ। ପାଖାପାଖି ଦୁଇ ବର୍ଷ ଧରି ବନ୍ଦ ରହିବା ପରେ କର୍ମଚାରୀଙ୍କ ଉପରେ ଏହାର ବହୁତ ପ୍ରଭାବ ପଡିଥିଲା। ଏପରିକି ଅଢେଇ ବର୍ଷ କାଗଜ ଉତ୍ପାଦନ ବନ୍ଦ ସହ ୧୯ ମାସ ଧରି କର୍ମଚାରୀ ଛଟେଇର ପ୍ରଭାବ ବେଶ ପଡିଥିଲା। କିନ୍ତୁ ଏବେ କାଗଜ କଳ ପୁଣିଥରେ ଖୋଲିଥିବାରୁ କର୍ମଚାରୀଙ୍କ ମନରେ ନାହିଁ ନଥିବା ଖୁସି ଦେଖିବାକୁ ମିଳିଛି।କାଗଜ କଳର ଆର୍ଥିକ କ୍ଷତି ଯୋଗୁ କମ୍ପାନୀ ବନ୍ଦ ହୋଇଥିଲା। ଯେଉଁକାରଣରୁ ସେଠାରେ କାର୍ଯ୍ୟରତ କର୍ମଚାରୀ ନାନା ଅସୁବିଧାର ସମ୍ମୁଖୀନ ହୋଇଥିଲେ। କମ୍ପାନୀ ବନ୍ଦକୁ ନେଇ କର୍ମଚାରୀ ଆନ୍ଦୋଳନ କରିବା ସହ ପ୍ରଶାସନର ଦ୍ୱାରସ୍ଥ ହେବା ସହ ରାଜ୍ୟ ସରକାରଙ୍କ ନିକଟରେ ଅଭିଯୋଗ କରିଥିଲେ। ତେବେ ରାଜ୍ୟ ସରକାରଙ୍କ ସହ କମ୍ପାନୀ କର୍ତ୍ତୃପକ୍ଷ, କର୍ମଚାରୀ ସଂଘ, ସ୍ଥାନୀୟ ବିଧାୟକଙ୍କ ମିଳିତ ଆଲୋଚନା ପରେ କମ୍ପାନୀର ଖୋଲିବା ବାଟ ଫିଟିଥିଲା। ଏହି କାଗଜ କଳକୁ ଏକ ଘରୋଇ କମ୍ପାନୀ ମଦର ଆର୍ଥ ରିସୋର୍ସ ପ୍ରାଇଭେଟ ଲିମିଟେଡ୍ ହାତକୁ ନେଇଛି। ଯେଉଁ କାରଣରୁ ଆଜିଠାରୁ କର୍ମଚାରୀମାନେ କମ୍ପାନୀକୁ ପ୍ରବେଶ କରିଛନ୍ତି। ଦୀର୍ଘ ୧୯ମାସ ପରେ କମ୍ପାନୀ ମଧ୍ୟକୁ କର୍ମଚାରୀ ପ୍ରବେଶ କରିବା ପରେ କର୍ମଚାରୀମାନେ ବହୁତ ଖୁସି ହୋଇଛନ୍ତି।ସେଠାରେ କାର୍ଯ୍ୟରତ ଜଣେ କର୍ମଚାରୀ କହିଛନ୍ତି ଯେ ଦୀର୍ଘ ଦିନ ପରେ କମ୍ପାନୀ ଖୋଲିଥିବାରୁ ଆମେ ବହୁତ ଖୁସି। ତେବେ କମ୍ପାନୀ ଉପରେ ଯେଉଁ ବକେୟା ଟଙ୍କା ଅଛି, ତା ଉପରେ ଆଲୋଚନା ହେବା ପରେ କିଛି ବାଟ ବାହାରିବ। ତେବେ ଆମ ପାଇଁ ଭିତରକୁ ଏଣ୍ଟ୍ରୀ କରିବା ବଡ କଥା।କାର୍ଯ୍ୟକାରୀ କମିଟି ୟୁନିୟନର ପ୍ରତିନିଧି କହିଛନ୍ତ ଯେ ସବୁ କର୍ମଚାରୀକୁ କମ୍ପାନୀ ଭିତରକୁ ପ୍ରବେଶ କରିବାକୁ ଅନୁମତି ମିଳିଥିବାରୁ ବହୁତ ଖୁସି। କମ୍ପାନୀ ଚଳାଇବା ନେଇ ଆମେ ଦୀର୍ଘଦିନ ଧରି ଦାବି କରିଆସୁଥିଲୁ। ହେଲେ ମ୍ୟାନେଜମେଣ୍ଟ ଆମକୁ ଭୁଆଁ ବୁଲାଉଥିଲା। ଯାହା ପରେ ଆମେ ଶ୍ରମ କମିଶନରଙ୍କ ହସ୍ତକ୍ଷେପ ଲୋଡିଥିଲୁ। ବିଶେଷକରି ଜୟପୁର ବିଧାୟକଙ୍କୁ ମଧ୍ୟ ଅନୁରୋଧ କରିଥିଲୁ। ଯାହା ଫଳରେ ମ୍ୟାନେଜମେଣ୍ଟ ପୁଣିଥରେ ସମସ୍ତ କର୍ମଚାରୀକୁ କାମକୁ ଆଣିବାକୁ ବାଧ୍ୟ ହୋଇଥିଲା। ବର୍ତ୍ତମାନ ୪୦–୫୦ ପ୍ରତିଶତ ମେଣ୍ଟେନାନ୍ସ କାମ ସରିଥିବା ବେଳେ ଆଉ କିଛି ବାକି ରହିଛି। ବକେୟା ଦରମାକୁ ନେଇ ଶ୍ରମ ବିଭାଗରେ ଆମର ମାମଲା ବିଚାରଧୀନ ରହିଛି। ଏହାଛଡା ପେନସନ୍, ବୋନସ୍, ପିଏଫ୍ କେମିତି କର୍ମଚାରୀମାନଙ୍କୁ ମିଳିବ, ସେ ନେଇ ଆମେ ଦାବି କରିଛୁ।ସୂଚନାଯୋଗ୍ୟ, କରୋନା ମହାମାରୀ କାରଣରୁ ୨୦୨୦ରୁ କମ୍ପାନୀ ବନ୍ଦ ପଡି ରହିଛି। ଏହାରି ଭିତରେ କିଛି କର୍ମଚାରୀଙ୍କୁ ଛଟେଇ କରାଯାଇଥିବା ବେଳେ ପାଖାପାଖି ୧୭ ମାସର ଦରମା ମଧ୍ୟ ବକେୟା ରହିଛି। ହେଲେ ଏବେ କମ୍ପାନୀ ପୁଣିଥରେ ଖୋଲିଥିବାରୁ କର୍ମଚାରୀଙ୍କ ଖୁସି ନକହିଲେ ସରେ।



## Accommodation Wanted

Required independent single /double / Triple Storeyed building for Office purpose. IRC Village, NAYAPALLI Location is Prefered Intrested House Owner can contact on the following Number 9437588705 (Mob) Or Email house details, contact number etc on pabitrasamantry@gmail.com

## APPOINTMENT

THE KALINGA CHRONICLE
Popular people's Daily of Odisha
ପର୍ଯ୍ୟବେକ୍ଷକ PARYABEKHYAK
Visit at:- www.pabitramohansamantarav.in

**Paryabekhyak and The Kalinga Chronicle Group need**

1. **DTP Operator & Layout designer** (English and Odiya)
   2-5 years experience in **Photoshop** and **Coreldraw**
2. **Accountant**
   B. Com. with knowledge in latest Tally version
3. **Advertisement Executive**
   2-5 years experience in Sale, Advertisement and Space Marketing
4. **Reporters** in Block, Sub-division & District level
   Minimum Graduate with 2-5 years experiences in fieled reporting
   (Diploma/Degree in Journalism preferred)

Send your bio-data within 15 days on email id:
**paryabekhyak@gmail.com**
**kalingachronicle@gmail.com**
**Whatsapp on: 9853400829**
**Visit at : www.paryabekhyak.com**
**www.thekalingachronicle.com**

**Paryabekhyak Odisha & Kalinga Chronicle TV**

1. **Visual Editor**
   2 to 5 years experience (Premier and FCP)
2. **Word Press**
   Developer-cum-Social Media Manager
   2 to 5 years experience in Managing Odia and English News Website, You tube and Social Media Platform
3. **Business Development Manager** (Sales & Marketing)
   3 to 5 years experience
4. **Bulletin Producer**
   3 to 5 years experience
5. **News Reader/ Content writer/ Anchor**
6. **Reporters at Panchyat/City** (NAC & Muncipality) / Block/ Tahasil / Sub-Division/ District Level)
   2 to 3 years experience in field Reporting
   Diploma/Degree in Digital and Broadcast Journalism Prefered

Mail your resume on
**Paryabekhyak Odisha@gmail.com**
**Kalinga Chronicle TV@gmail.com**
**Whatsapp on: 9437588705**
**Visit at :www.paryabekhyakodisha.in**
**www.kalingachronicletv.in**








# ଟି ଟାଇମ୍

## ଜୋକ୍ସ



ଶିକ୍ଷକ-କାଲି ସ୍କୁଲ କାହିଁକି ଆସି ନଥିଲ ?
ଛାତ୍ର-କାଲି ପରା ମୁଁ ପଡିଗଲି । ଆଉ ଲାଗିଗଲା
ଶିକ୍ଷକ-କେଉଁଠି ପଡିଗଲ ଆଉ କ'ଣ ଲାଗିଗଲା ?
ଛାତ୍ର ଖଟରୁ ପଡିଗଲି ଆଉ ମୋ ଆଖି ଲାଗିଗଲା ।

# ପୁରାଣ କାହାଣୀ

## ବାଣୀ ପ୍ରଭାବରେ ଚୋର ହେଲା ସାଧୁ



ଅନ୍ଧାର ରାତିରେ ଚୋରଟି ଚୋରି କରି ଅଣନିଃଶ୍ୱାସୀ ହୋଇ ଚାଲି ଚାଲି ଥକି ଗୋଟିଏ ବୃକ୍ଷମୂଳେ ବିଶ୍ରାମ ନେଉଥିଲା । ହଠାତ୍ ସେ ରାସ୍ତରକଡରେ ବିଶ୍ରାମ ନେଉଥିବା ସମୟରେ ଜରିମାନଙ୍କ ଉପରେ ନଜର ପଡିଲା । ନିଶ୍ଚିନ୍ତରେ ଶୋଇଥିବା ଜରିର ଜୀବନଧାରା ସହିତ ନିଜକୁ ତୁଳନା କରି ଗଭୀର ଚିନ୍ତା କରିବାକୁ ଲାଗିଲା । କେତେବେଳେ ସୂର୍ଯ୍ୟ ଉଦୟ ହେଲେ ତାହା ସେ ଜାଣି ପାରିଲା ନାହିଁ । ଅନ୍ଧାର ଅପସରି ଆସୁଥିବା ବେଳେ ଚୋରର ମାନସିକ ଉଦବେଳନ ବଢ଼ି ଚାଲିଥାଏ । ସେହି ସମୟରେ ସେ ଲୋକଙ୍କୁ ଦେଖି ଭୟଭୀତ ହୋଇ ଚମକି ଉଠିଲା । କାଳେ କିଏ ତାକୁ ଦେଖିଦେଲା ଆଉ ଚିହ୍ନିଦେଲା କି ? ଭିକାରୀ ଓ ବୁଲା କୁକୁର ନିଜ ନିଜ ପେଟ ଭରଣା ପାଇଁ ଏଣେତେଣେ ବୁଲି ଖାଦ୍ୟ ସଂଗ୍ରହ କରିବାକୁ ଲାଗିଲେ । କିନ୍ତୁ ଚୋର ପାଇଁ ଦିନଟି ଥିଲା ଅଭିଶାପ । ଭିକାରୀ କଥା ମନେ ପକାଉ ପକାଉ ତା' ମା କଥା ମନେ ପଡିଲା । ମା'ତାକୁ କହୁଥିଲା କାମକୁ ଡରି ପଳାଇ ଯାଉଛି ଭବିଷ୍ୟତରେ ଅସୁବିଧା ଭୋଗିବୁ । ଏହି କଥା ଭାବୁ ଭାବୁ ରାସ୍ତାରେ ଯାଉଥିବା ଦୁଇ ଦମ୍ପତିଙ୍କ କଥା ଶୁଣିବାକୁ ପାଇଲା । ଦୁଇ ଦମ୍ପତି ରାତିରେ ସାଧୁଙ୍କ ପ୍ରବଚନ ଶୁଣି ସକାଳେ ଘରକୁ ପ୍ରତ୍ୟାବର୍ତ୍ତନ କରୁଥିଲେ । ସେମାନେ ରାସ୍ତାରେ ସାଧୁଙ୍କ ବାଣୀ ଏତେ ଶାନ୍ତିପ୍ରଦ, ହିତକାରକ, ପ୍ରେରଣାଦାୟୀ ଥିଲା ବୋଲି କୁହାକୁହି ହୋଇ ଯାଉଥିଲେ । ଏହା ଶୁଣି ଚୋରର ମନ ସାଧୁଙ୍କ ବାଣୀ ପ୍ରତି ଆକର୍ଷିତ ହେଲା । ସାଧୁଙ୍କ ବାଣୀରେ ସେ ଏତେ ବିମୁଗ୍ଧ ହୋଇଗଲାଯେ ସେ ସାଧୁଙ୍କ ନିକଟକୁ ଆସିଲା ଓ ପ୍ରବଚନ ଶୁଣିଲା । ଲୁଚାଛପା କାମ କଲେ ମନରେ ଭୟ ଜାତ ହୋଇଥାଏ ବୋଲି ସାଧୁ କହିଲେ । ପରେ ଚୋର ସାଧୁଙ୍କୁ ସବୁ ସତ କଥା କହିଲା । ଅଜ୍ଞାତବସତଃ ମୁଁ ଆଜିଯାଏଁ କୁକର୍ମ କରି ଆସୁଥିଲି । କିନ୍ତୁ ଏବେ ପ୍ରତିଜ୍ଞା କରୁଛି ଆଜିଠାରୁ ମୁଁ ପରିଶ୍ରମ କରିବି ବୋଲି ସାଧୁଙ୍କୁ ସେ ପ୍ରତିଶ୍ରୁତି ଦେଇଥିଲା ।

# ଆଜିର ଭାଗ୍ୟ

**ମେଷ** – କାର୍ଯ୍ୟ ହାସଲ କ୍ଷେତ୍ରରେ ଜଣେ ପୂର୍ବତନ ବନ୍ଧୁ ସାହାଯ୍ୟ କରିବେ। ଆନୁଷ୍ଠାନିକ କାମରେ ସଫଳତା ପାଇବେ। ବ୍ୟବସାୟରେ ସାମାନ୍ୟ କ୍ଷତି ହୋଇପାରେ। ପରିବହନରେ ଉନ୍ନତି କରିବେ। ମହିଳାଙ୍କ ଭାତୃ ସମ୍ପର୍କ ବୃଦ୍ଧି ପାଇବ।

**ବୃଷ** – ଅନ୍ୟମାନଙ୍କୁ ନିଜ ଆଡକୁ ଆକର୍ଷିତ କରିବା ପାଇଁ ବିଭିନ୍ନ ପ୍ରକାର ଚେଷ୍ଟା କରିବେ। ବନ୍ଧୁଙ୍କର ସହାନୁଭୂତି ଲାଭ କରିପାରନ୍ତି। ସ୍ଥଗିତ କାମକୁ ତ୍ୱରାନିତ କରିବେ। ମହିଳାମାନେ ସାଥିଙ୍କ ବାଟକୁ ଚାହିଁ ବସିବେ। ଦୂର ସ୍ଥାନକୁ ଭ୍ରମଣ ଯୋଗ ରହିଛି।

**ମିଥୁନ** – କର୍ମକ୍ଷେତ୍ରରେ କେତେକ ଦିଗରୁ ଚାପର ସମ୍ମୁଖୀନ ହୋଇପାରନ୍ତି। ଧୈର୍ଯ୍ୟ ହରାନହୋଇ ପରିସ୍ଥିତିର ସାମ୍ନା କରିବେ। ସାମ୍ବାଦିକତା କ୍ଷେତ୍ରରେ ପ୍ରତିବନ୍ଧକର ସମ୍ମୁଖୀନ ହେବେ। ବ୍ୟବସାୟରେ ବନ୍ଧୁ ସମ୍ପର୍କ ପ୍ରେ ଓ ପ୍ରଣୟ କ୍ଷେତ୍ରରୁ ଅନୁକୂଳ ଫଳ ମିଳିବ।

**କର୍କଟ** – ବନ୍ଧୁଙ୍କ ନିକଟୁ ସାହାଯ୍ୟ ପଅତିଶୃତି ପାଇ ଆସ୍ୱସ୍ତି ଅନୁଭବ କରିବେ। ପାରିବାରିକ ଅସ୍ଥିରତା ଓ ଅର୍ଥାଭାବ ପାଇଁ ମାନସିକ ଦ୍ୱନ୍ଦ ଭିତରେ ସମୟ କଟାଇବେ। ଆତ୍ମିୟମାନଙ୍କ ପରାମର୍ଶ ନେଇ କାର୍ଯ୍ୟ କ୍ଷେତ୍ରରେ ଉପକୃତ ହେବେ।

**ସିଂହ** – ସମସ୍ୟାର ସମାଧାନ ପାଇଁ ବନ୍ଧୁଙ୍କ ଉପରେ ନିର୍ଭର କରିବାକୁ ପଡ଼ିପାରେ। କର୍ମକ୍ଷେତ୍ରରେ ନୂତନ ଯୋଜନା ଆରମ୍ଭ କରିପାରନ୍ତି। ବକେୟା ଟଙ୍କା ମିଳିବାର ଯୋଗ ରହିଛି। ପ୍ରତିଷ୍ଠିତ ବ୍ୟକ୍ତିଙ୍କ ପରୋକ୍ଷରେ ସାହାଯ୍ୟ ପ୍ରାପ୍ତି ହୋଇପାରେ।

**କନ୍ୟା** – ହଠାତ୍ ଅର୍ଥ ସମ୍ପର୍କକୁ ନେଇ ଭାତୃ ବିବାଦ ଦେଖାଦେଇପାରେ। ପ୍ରେମରେ ପ୍ରତାରଣା ପାଇ କର୍ମକ୍ଷେତ୍ରରେ ପରିସ୍ଥିତିର ଚାପ ବୃଦ୍ଧି ପାଇବ। ସାମାନ୍ୟ ଶାରୀରିକ ଅସୁସ୍ଥତା ଅନୁଭବ କରିବେ। ମହିଳାଙ୍କ କ୍ଷେତ୍ରରେ ବିଭିନ୍ନ ପ୍ରକାରର ଶତ୍ରୁମାନେ କଟୁ କଥା କହିବେ।

**ତୁଳା** – ଇଚ୍ଛା ନଥିଲେ ମଧ୍ୟ ସମୟ ଓ ପରିସ୍ଥିତିକୁ ନେଇ ବନ୍ଧୁଙ୍କ ସହ ବିତର୍କ ସୃଷ୍ଟି ହୋଇପାରେ। ନିଜ ଲୋକମାନେ ଇର୍ଷା ପରାୟଣ ହୋଇ ପରିସ୍ଥିତିକୁ ଜଟିଳ ରୂପ ଦେବାରେ ସମର୍ଥ ହେବେ। ଅର୍ଥ ସଂଗ୍ରହରେ ତତ୍ପରତା ପ୍ରକାଶ କରିବେ।

**ବିଛା** – ପଡୋଶୀଙ୍କ ସହ ସମ୍ପର୍କ ମଧୁର ରଖିବାକୁ ଚେଷ୍ଟା କରିବେ। ବନ୍ଧୁଙ୍କ ସହ ସୌହାର୍ଦ୍ଦ୍ୟପୂର୍ଣ୍ଣ ଆଲୋଚନାରୁ ମନ ଖୁସି ରହିବ। ବିବାଦୀୟ ପରିସ୍ଥିତିର ଦୃଢ଼ ମୁକାବିଲା କରିବେ। ମହିଳାମାନେ ଭାବ ପ୍ରବଣତା ପ୍ରକାଶ କରିବେ।

**ଧନୁ** – ସୁନ୍ଦର ମଧୁର କଥା କହି ଅନ୍ୟମାନଙ୍କୁ ଆକର୍ଷିତ କରି କାର୍ଯ୍ୟ ହାସଲ କରିବେ। ଶାରୀରିକ ଅସୁସ୍ଥତା ଫେରି ପାଇବ। ପାରିବାରିକ କ୍ଷେତ୍ର, ଯାତ୍ରା ଓ ଦାମ୍ପତ୍ୟ ଜୀବନରୁ ସୁଫଳ ପାଇବେ। ଦୂର ସ୍ଥାନକୁ ଯାତ୍ରା କରିପାରନ୍ତି। ମହିଳାଙ୍କ ମନୋବଳ ଦୃଢ଼ ରହିବ।

**ମକର** – କୌଣସି ଅପରିଚିତ ବ୍ୟକ୍ତିଙ୍କ ଦ୍ୱାରା ଗୁରୁତ୍ୱ ପୂର୍ଣ୍ଣ କାର୍ଯ୍ୟ ହସଲ କରିବେ। ଭାବୁଥିବା କାମଟିକୁ ସମ୍ପୂର୍ଣ୍ଣ କରିବା ପାଇଁ ବନ୍ଧୁଙ୍କର ସାହାଯ୍ୟ ଭିକ୍ଷ୍ୟା କରିବେ। ଦାମ୍ପତ୍ୟ ଜୀବନରେ ତିକ୍ତତା ଦେଖାଦେଇପାରେ। ମହିଳାମାନେ ଅଶାନ୍ତି ରହିବେ।

**କୁମ୍ଭ** – ଯେତେ ତ୍ୟାଗ ସ୍ୱିକାର କଲେ ମଧ୍ୟ ବନ୍ଧୁ ସହକର୍ମୀ ଓ ପଡୋଶୀଙ୍କର ଭୁଲ୍ ଧାରଣାକୁ ବଦଳାଇ ପାରିବେ ନାହିଁ। ଆୟ ଅପେକ୍ଷା ବ୍ୟୟ କ୍ରମଶଃ ବୃଦ୍ଧି ପାଇବ। ସ୍ତ୍ରୀଙ୍କ ସ୍ୱାସ୍ଥ୍ୟ ପାଇଁ ଚିନ୍ତିତ ରହିବେ। ଆକସ୍ମିକ ଭାବେ ଉପହାର ଦ୍ରବ୍ୟ ଲାଭ ହୋଇପାରେ।

**ମୀନ** – କର୍ମକ୍ଷେତ୍ରରେ ସହଜ ସୁବିଧରେ କାମ ହାସଲ କରିବେ। ବନ୍ଧୁଙ୍କର ଆଦର ମନକୁ ଖୁସି ରଖିବ। ସଭା, ସମିତି, ରାଜନୀତି କ୍ଷେତ୍ରରେ ପ୍ରଶଂସିତ ହେବେ। ମହିଳାମାନେ ଅନ୍ୟଙ୍କ ସେବାରେ ବ୍ୟସ୍ତ ରହିବେ।

# କୃତ୍ରିମ ଜଳପ୍ରପାତ



ଚାଇନା ଅନ୍ତର୍ଗତ ୟୁନାନ ପ୍ରଦେଶର କୁନମିଂରେ ପର୍ଯ୍ୟଟକଙ୍କ ମନୋରଞ୍ଜନ ପାଇଁ ଏକ କୃତ୍ରିମ ଜଳ ପ୍ରପାତ ସୃଷ୍ଟି କରାଯାଇଛି । ଏହାର ଉଚ୍ଚତା ସାଢ଼େ ୧୨ ମିଟର । ଚଉଡା ଚାରି ଶହ ମିଟର । ନିଉଲାନ୍ ନଦୀରେ ପ୍ରବାହିତ ଜଳକୁ ୟୁନାନର ବୃହତ୍ତମ ମଧୁର ଜଳ ହ୍ରଦ ଡିଆନସି ମଧ୍ୟରେ ପ୍ରବେଶ କରାଇ ଏହି ପ୍ରପାତ ସୃଷ୍ଟି କରାଯାଇଛି । ଏହାଦ୍ୱାରା ବନ୍ୟା ବିପ୍ରାତରୁ ରକ୍ଷା ମିଳିବା ସହ ସହରର ପାନୀୟ ଜଳ ଯୋଗାଣ ବ୍ୟବସ୍ଥାରେ ଉନ୍ନତି ଆସି ପାରିବ । କୃତ୍ରିମ ଜଳ ପ୍ରପାତ ଚାରିପଟେ ଉଦ୍ୟାନ ରହିଛି । ଦୁଇ ବର୍ଷ ତଳେ ଉଭୟ ପ୍ରପାତ ଓ ଉଦ୍ୟାନ ବିକଶିତ କରାଯାଇଛି । ଉକ୍ତ ପ୍ରକଳ୍ପରେ ସତର କୋଟି ମାର୍କିନ୍ ଡଲାର ବ୍ୟୟ ହୋଇଥିବା ପ୍ରକାଶ ।

# ଦାନ୍ତରେ ଟାଟୁ



ଅତ୍ୟାଧୁନିକା ମହିଳାମାନେ ସବୁବେଳେ ଚାହାନ୍ତି କେମିତି ନିଜକୁ ଭିନ୍ନ ଶୈଳୀରେ ପ୍ରଦର୍ଶିତ କରିବେ ଏବଂ ଶରୀରର ସୌନ୍ଦର୍ଯ୍ୟ ବୃଦ୍ଧି କରିବେ। ଆଜିକାର ଫ୍ୟାଶନ ଯୁଗରେ ଏଭ୍ରି ଅଡ୍ ଇଜ୍ ଏ ଷ୍ଟାଇଲକୁ ମଧ୍ୟ କେତେକ ଗ୍ରହଣ କରି ସେହିପରି ଢଙ୍ଗରେ ନିଜକୁ ସଜାଉଛନ୍ତି। ଏବେ ଏବେ ସୌନ୍ଦର୍ଯ୍ୟ ସଚେତନ ତରୁଣୀମାନେ ଦାନ୍ତରେ ଟାଟୁ ଆଙ୍କିବା ଦିଗରେ ବେଶି ଢଳୁଥିବା ପରିଲକ୍ଷିତ ହେଉଛି, ଯେମିତି କିଛି ବର୍ଷ ତଳେ 'ନାହିମୁଦି' ଫ୍ୟାଶନ ଅନେକଙ୍କୁ କିମିଆ କରିଥିଲା। ଦାନ୍ତରେ ଟାଟୁ ଆଙ୍କିବା ନୂଆ କଥା ନୁହେଁ। ଆଠଦଶ ବର୍ଷ ତଳେ ଦାନ୍ତରେ ଟାଟୁ କରି ହିପ୍‌ହପ୍ ଗାୟିକା, ନୃତ୍ୟାଙ୍ଗନା ଓ ମେଡଲମାନେ ବିଭିନ୍ନ ଶୋ'କୁ ଆସିବା ପରେ ଏହାର ଚାହିଦା ବଢିବଢି ଚାଲିଛି। କିଶୋରୀ, କଲେଜ ଛାତ୍ରୀଠୁ ଆରମ୍ଭ କରି ପଇଁତିରିଶ ବର୍ଷ ଭିତରର ମହିଳାଙ୍କୁ ଦାନ୍ତରେ ଟାଟୁ ବେଶ୍ ମାନିବ ବୋଲି ସୌନ୍ଦର୍ଯ୍ୟ ବିଶେଷଜ୍ଞମାନେ କହନ୍ତି। ଅସ୍ଥାୟୀ ଓ ସ୍ଥାୟୀ ଭାବେ ଦାନ୍ତରେ ଟାଟୁ କରିହେବ।

# ପ୍ରସବ କରିବ ରୋବଟ !



ଇଞ୍ଜିନିୟର ତଥା ନୋବେଲିଷ୍ଟ ଜର୍ଜ ଜୈରକୈଡାକିସ୍‌ଙ୍କ ମତ ଅନୁସାରେ ଆସନ୍ତା ୨୦ରୁ ୩୦ ବର୍ଷ ମଧ୍ୟରେ ଏଭଳି ରୋବଟ ତିଆରି କରାଯାଇପାରିବ, ଯାହା ମଣିଷ ସହିତ ଶାରୀରିକ ସମ୍ପର୍କ ରଖିପାରିବ ଏବଂ ସନ୍ତାନ ପ୍ରସବ କରିପାରିବ। ଏପରିକି କେବଳ ରୋବଟ ପରସ୍ପର ମଧ୍ୟରେ ଶାରୀରିକ ସମ୍ପର୍କ ରଖିପାରିବେ। ବିଶେଷଜ୍ଞଙ୍କ କହିବା ଅନୁସାରେ ଯଦି ମଣିଷଙ୍କ ଅପେକ୍ଷା ରୋବଟଙ୍କ ସଂଖ୍ୟା ବୃଦ୍ଧି ପାଏ ତେବେ ଏହା ଦୁଃସ୍ୱପ୍ନ ସୃଷ୍ଟି କରିବ। ଏହାବ୍ୟତୀତ ପ୍ରଫେସର ବାର୍ବିକଙ୍କ ମତ ଅନୁସାରେ ରୋବଟର ଶାରୀରିକ ସମ୍ପର୍କ ସ୍ଥାପନ କରିବା ଏବଂ ସନ୍ତାନ ପ୍ରସବ କରିବା ନେଇ ସାମାଜିକ ସ୍ୱିକୃତୀ ବିଷୟରେ ଚିନ୍ତା କରାଯିବ। ଏଭଳି କୌଶଳକୁ ନେଇ କିଛି ପ୍ରତିକ୍ରିୟା ଓ ସମସ୍ୟା ମଧ୍ୟ ଉପୁଜିପାରେ ବୋଲି ବୈଜ୍ଞାନିକମାନେ ମତ ଦେଇଛନ୍ତି।

# ସ୍ମରଣଶକ୍ତି ବଢ଼ାଏ ଅଣ୍ଡା

ଆମେରିକା ସ୍ଥିତ ଟଫ୍ଟ ୟୁନିଭରସିଟିର ରିସର୍ଚ୍ଚ କର୍ତ୍ତାମାନଙ୍କ କହିବା ହେଉଛି କି ଅଣ୍ଡା ଖାଇବା ଦ୍ୱାରା ମସ୍ତିଷ୍କ ମଜଭୁତ୍ ହୋଇଥାଏ ଏବଂ ଡିମେସିୟା ଭଳି ରୋଗର ଭୟ ଟଳିଯାଇଥାଏ । ଏହି ସମସ୍ୟାରେ ପୀଡ଼ିତ ଲୋକମାନଙ୍କର ସ୍ମରଣ ଶକ୍ତି ଅତି କମ୍ ହୋଇଯାଇଥାଏ । ରିସର୍ଚ୍ଚରେ ସାମିଲ୍ ଥିବା ଲୋକମାନଙ୍କୁ ଦୁଇ ଟିମ୍‌ରେ ବିଭାଜିତ କରାଯାଇଥିଲା । ପ୍ରଥମ ଟିମ୍‌କୁ ଖାଇବା ପାଇଁ ନିୟମିତ ୨ଟି ଲେଖାଏଁ ଅଣ୍ଡା ଦିଆଯାଉଥିଲା । ଯେବେକି ଅନ୍ୟ ଟିମ୍‌କୁ ଅଣ୍ଡା ପ୍ରତିବଦଳରେ ଅନ୍ୟାନ୍ୟ ଦ୍ରବ୍ୟ ଖାଇବାକୁ ଦିଆଯାଉଥିଲା । ମାସକ ପରେ ଦୁଇଟି ଟିମ୍‌ର ସଦସ୍ୟମାନଙ୍କର ସ୍ମରଣ ଶକ୍ତି, ତର୍କ କ୍ଷମତା ଏବଂ ଏକାଗ୍ରତା ସ୍ତରର ପରୀକ୍ଷା କରାଯାଇଥିଲା । ନିୟମିତ ଅଣ୍ଡା ଖାଉଥିବା ଟିମ୍‌ର ସଦସ୍ୟମାନଙ୍କର ପ୍ରଦର୍ଶନ ଅନ୍ୟ ଟିମ୍ ତୁଳନାରେ ଅଧିକ ଭଲ ହୋଇଥାଏ । ଅଣ୍ଡାରେ ଲ୍ୟୁଟିନ୍ ଏବଂ ଜେସିକାଥିନ୍ ନାମକ ଦୁଇ ପ୍ରକାର ଅକ୍ସିକରଣ ରୋଗ ପ୍ରତିରୋଧକ ତତ୍ତ୍ୱ ମିଳିଥାଏ । ଯାହା ଭାବିବା ଓ ବୁଝିବା ପ୍ରକ୍ରିୟାକୁ ସହଜ କରିଥାଏ । ଏଥିପାଇଁ ଆପଣ ମାଂସାହାରୀ ହୋଇଥାନ୍ତି ତେବେ ପ୍ରତିଦିନ ଖାଦ୍ୟରେ ଅଣ୍ଡାକୁ ସାମିଲ କରନ୍ତୁ ।

# ଜିନ୍ସ ସୃଷ୍ଟି କରୁଛି ସମସ୍ୟା



ଆଜିକାର ଅତ୍ୟାଧୁନିକ ଯୁବତୀମାନେ ଚିପା ଜିନ୍ସ ପିନ୍ଧିବାକୁ ଏକ ଫ୍ୟାଶନ ମନେ କରୁଛନ୍ତି। ହେଲେ ଏହାଦ୍ୱାରା ଯେ ସ୍ୱାସ୍ଥ୍ୟଗତ ସମସ୍ୟା ସୃଷ୍ଟି ହୁଏ ସେଥିପ୍ରତି କେହି ଧ୍ୟାନ ଦିଅନ୍ତି ନାହିଁ। ଏକ ଗବେଷଣାରୁ ଜଣାଯାଇଛି ଯେ ଚିପା ଜିନ୍ସ ପିନ୍ଧିବା ଦ୍ୱାରା ଏକ ପ୍ରକାର ସ୍ନାୟୁଗତ ରୋଗ ସୃଷ୍ଟି ହୁଏ, ଯାହାକୁ କୁହନ୍ତି 'ମେରାଲଜିଆ ପାରେସ୍ଥଟିକା' ବା 'ଟିଙ୍ଗଲିଙ୍ଗ୍ ଥିଙ୍ଗ ସିଣ୍ଡ୍ରମ'। ଏହାଦ୍ୱାରା ଜଙ୍ଘରେ ଯାଇଥିବା ଚର୍ମ ସମ୍ବନ୍ଧୀୟ ସ୍ନାୟୁଗୁଡିକ ଏମିତି ପ୍ରତିକ୍ରୀୟାଶୀଳ ହୋଇପଡ଼ନ୍ତି ଯେ ଗୋଡ଼ ଝିମ୍‌ଝିମ୍ ଲାଗିବା ସହ ବିନ୍ଧି ଉଠେ। ଏହି ରୋଗରେ ଗୋଡ଼ ଅକାମି ହୋଇଗଲା ପରି ଅନୁଭୂତ ହୁଏ। ଚିପା ଜିନ୍ସ ସାଙ୍ଗକୁ ଯଦି ହାଇ ହିଲ୍ ଜୋତା ପିନ୍ଧିଥିବେ ତେବେ ଅବସ୍ଥା ଆହୁରି ସଙ୍ଗିନ ହୋଇଯିବାର ଆଶଙ୍କା ଥାଏ।

# ଦୁଦୁରା ଫୁଲର ଔଷଧୀୟ ଗୁଣ



ଶ୍ରାବଣ ମାସରେ ମହାଦେବଙ୍କଠାରେ ବିଲ୍ୱପତ୍ର, ଦୁଦୁରା ଏବଂ କ୍ଷୀର ଚଢ଼ାଇବାର ବିଶେଷ ମହତ୍ତ୍ୱ ରହିଛି । ଦୁଦୁରା ପୁଷ୍ପର ବିଶେଷତା ଓଉପଯୋଗ ଅଧିକ । ଆୟୁର୍ବେଦରେ ଦୁଦୁରାକୁ ବିଷ ବର୍ଗରେ ରଖା ଯାଇଛି । ଏହାର ବୀଜକୁ ଔଷଧ ରୂପେ ରଖାଯାଏ । ଅଧ ଲିଟର ସୋରିଷ ତେଲରେ ଦୁଦୁରା ପତ୍ରର ରସ ମିଶାଇ ଗରମ କରି ମୁଣ୍ଡରେ ଲଗାଇଲେ ଉକ୍କୁଣି ଲୋପ ପାଇଯାଇଥାଏ । ଦୁଦୁରା ପତ୍ରର ରସକୁ ସାମାନ୍ୟ ଗରମ କରି ଗଣ୍ଠି ସ୍ଥାନରେ ଲଗାଇ ପଟି ବାନ୍ଧି ରଖିଲେ ବିନ୍ଧାବୀନ୍ଧି ଦୂର ହୋଇଯାଇ ଥାଏ । ଦୁଦୁରା ଗଛର ପତ୍ର, ଫୁଲ, ଫଳ, ତ୍ୱକ ଏବଂ କାଣ୍ଡର ରସକୁ ମିଶାଇ ରାଶି ତେଲରେ ପକାଇ ଗରମ କରି କାନରେ ପକାଇଲେ କାନ ପରିଷ୍କାର ହେବା ସହ କାନ ପିଡା କମିଯାଏ । ଦୁଦୁରା ମଞ୍ଜିର ପୋଡା ଅଂଶକୁ ଜ୍ୱର ସମୟରେ ଶରୀରରେ ଲଗାଇଲେ ଜ୍ୱର କମ ହୋଇ ଯାଇଥାଏ । ଦୁଦୁରା ଫଳର ଚୂର୍ଣ୍ଣକୁ ଅଧା ଚାମଚ ଗୁଆ ଘିଅ ଓ ମହୁ ସହ ମିଶାଇ ପ୍ରତିଦିନ ସେବନ କଲେ ସ୍ତ୍ରୀ ମାନଙ୍କର ପ୍ରସବ ଠିକ ସମୟରେ ହୋଇଥାଏ ।

# ବିଶ୍ୱର ବଡ ଫୁଲ ବଜାର



ବିଶ୍ୱର ସବୁଠୁ ବଡ ଫୁଲ ବଜାର ପ୍ରତିଦିନ ଉତ୍ତର ହଲାଣ୍ଡ ଅନ୍ତର୍ଗତ ଆଲସମିର ସହରରେ ବସେ । ସେଠାରେ ବିଶ୍ୱର ସମସ୍ତ ଅଞ୍ଚଳର ଫୁଲ ବିକ୍ରି ହୁଏ । ଦୈନିକ ପ୍ରାୟ ଦୁଇ କୋଟିର ଫୁଲ ସେଠାରେ କାରବାର ହୋଇଥାଏ । ୨୪୩ ଏକର ଜମି ଉପରେ ଏଥିପାଇଁ ଗୋଦାମ ତିଆରି କରାଯାଇଛି । ପ୍ରତିଦିନ ରାତି ୧୦ଟା ସୁଦ୍ଧା ସେଠାକୁ ଫୁଲ ଆସେ ସାରା ରାତି ଫୁଲ ସଜାଡିବା କାର୍ଯ୍ୟ ଚାଲେ । ସକାଳ ୬ରେ ଫୁଲ ବିକ୍ରି ଆରମ୍ଭ ହୁଏ । ପାଇକାରୀ ବଜାର ହୋଇଥିବାରୁ ମୁଖ୍ୟତଃ ପାଇକାରୀମମାନେ ଏଠାକୁ ଆସନ୍ତି । ସମସ୍ତ ବିକ୍ରି ବଟା ନିଲାମ ଦ୍ୱାରା ହୁଏ । ଦିନ ୨ଟା ସୁଦ୍ଧା ବ୍ୟବସାୟ ସରେ ଏବଂ ପର ଦିନ ପାଇଁ ପ୍ରସ୍ତୁତି ଆରମ୍ଭ ହୋଇଥାଏ ।

# ଫେସ୍‌ବୁକ ମାୟାରେ ଯୁବପିଢ଼ି

ବ୍ୟସ୍ତ ବହୁଳ ଜୀବନରେ ଫେସବୁକ ପାଲଟିଛି ମନୋରଞ୍ଜନର ମାଧ୍ୟମ । କାମରୁ ଟିକିଏ ଫୁରୁସତ ମିଳିଲେ ସମସ୍ତେ ଚାହାନ୍ତି ନିରୋଳାରେ ଅନ୍ତରଙ୍ଗ ବନ୍ଧୁ ସହ ଆଳାପ କରିବାକୁ । କିଛି ମନଖୋଲି କଥା ହେବାକୁ ଏବଂ ଅଜଣା ରାଇଜର ଖବର ଜାଣିବାକୁ । ହେଲେ ଏସବୁ ସମ୍ଭବ ହୋଇଛି ସୋସିଆଲ ମିଡିଆ ଫେସବୁକ ପାଇଁ । ସବୁ ପ୍ରତିବନ୍ଧକକୁ ଡେଇଁ ଫେସବୁକ ସମସ୍ତଙ୍କୁ ନିଜର କରି ପାରିଛି । ସ୍ନେହ, ଶ୍ରଦ୍ଧା ଦେଇ ମନ କିଣିଛି । ସେଥିପାଇଁ ଫେସବୁକ ଆଜି ଲକ୍ଷାଧିକ ଲୋକଙ୍କ ପସନ୍ଦ ପାଲଟିଛି । ସଫଳତାର ୧୦ ବର୍ଷ ଅତିକ୍ରମ କରି ଫେସବୁକ ରେକର୍ଡ ସୃଷ୍ଟି କରିଛି ।

୨୦୦୪ରେ ହାଭାର୍ଡରେ କିଛି ଛାତ୍ରଛାତ୍ରୀ ମେସେଜ ସେୟାର କରି ମଜା ନେବାର ସଫଳତା ଆଜି ବିଶ୍ୱାବସୀ ଅନୁଭବ କରୁଛନ୍ତି । ଯେଉଁ ମଜା ପରବର୍ତ୍ତି କାଳରେ ସାରା ବିଶ୍ୱାବସୀଙ୍କୁ ଏକତାର ସୂତ୍ରରେ ବାନ୍ଧି ପାରିଛି । ଦୀର୍ଘ ଦଶ ବର୍ଷ ହେଲା ଫେସବୁକ କୁହୁକରେ ସାରା ବିଶ୍ୱ ମସଗୁଲ ହୋଇ ଯାଇଛି । ସବୁ ବର୍ଗର ଜନସାଧାରଣ ଏହି ମୟାଜାଲରେ ଏମିତି ବାନ୍ଧି ହୋଇଛନ୍ତିଯେ ସହଜରେ ମୁକୁଳି ପାରୁ ନାହାନ୍ତି । ବିଶେଷକରି ଯୁବପିଢ଼ିଙ୍କ ପାଇଁ ଫେସବୁକ ଏକ ବରଦାନ ସଦୃଶ ପାଲଟିଛି । ବନ୍ଧୁତା ମଧ୍ୟରେ ଦୂରତା କମାଇବାରେ ଏହି ସୋସିଆଲ ମିଡିଆ ଫେସବୁକ ପ୍ରମୁଖ ଭୂମିକା ଗ୍ରହଣ କରିଛି । ଯେଉଁଥିପାଇଁ ଦିନକୁ ଦିନ ଫେସବୁକର ଲୋକପ୍ରିୟତା ଓ ୟୁଜର୍ସଙ୍କ ସଂଖ୍ୟା ବଢ଼ି ଚାଲିଛି । ୧୦ ବର୍ଷ ପୂର୍ବରୁ ଭାରତରେ ଏହାର ସଚେତନତା କମ ଥିଲା । ତେଣୁ ଫେସବୁକ ସମ୍ବନ୍ଧରେ ଅଧିକାଂଶ ଯୁବପିଢ଼ି ଅଜ୍ଞ ଥିଲେ । କିନ୍ତୁ ଆଇଟି ସେକ୍ଟର ଯେପରି ଭାବେ ଦୃତ ଗତିରେ ଚାରିଆଡେ ବ୍ୟାପିଲା ଭାରତରେ ମଧ୍ୟ ତାର ପ୍ରଭାବ ପଡିଲା । ଫଳରେ ଫେସବୁକ ଧିରେଧିରେ ଜନାଦୃତ ହେଲା । ମୁମ୍ବାଇ, ଦିଲ୍ଲୀ, ବାଙ୍ଗାଲୋର ଏବଂ ହାଇଦ୍ରାବଦ ଭଳି ମେଟ୍ରୋ ସିଟିରେ ଏହି ସୋସିଆଲ ମିଡିଆ ପ୍ରଚାର ପ୍ରସାର ହେବା ପରେ ଗାଁ ଗହଳିରେ ବି ଏହାର ଜାଲ ପଡି ଯାଇଛି । ଫେସବୁକ ମାଧ୍ୟମରେ ଭାବ ଆଦାନ ପ୍ରଦାନ ଅତି ସହଜରେ ହେଉଥିବାରୁ ସମସ୍ତଙ୍କ ପ୍ରିୟଭାଜନ ହୋଇ ପାରିଛି । ବର୍ତ୍ତମାନସୁଦ୍ଧା ଫେସବୁକର ୧୫୦ ବିଲିଅନ ଡଲାର ସହଯୋଗୀ ହୋଇଥିବା ବେଳେ ୨୦୧.୬ ବିଲିଅନ ବ୍ୟକ୍ତି ବନ୍ଧୁତାର ସୂତ୍ରରେ ବାନ୍ଧି ହୋଇଛନ୍ତି । ପ୍ରତି ମାସରେ ୧.୨୩ ବିଲିଅନ ଲୋକ ଫେସବୁକ ବ୍ୟବହାର କରୁଛନ୍ତି । ପ୍ରତିଦିନ ୬ ବିଲିଅନ ଲୋକ ଫେସବୁକ ପସନ୍ଦ କରୁଥିବା ବେଳେ ୪୦୦ ବିଲିଅନ ଫଟୋ ସେୟାର ହୋଇଛି । ଏହାସହ ୭.୮ ଟ୍ରିଲିଅନ ମେସେଜ ଫେସବୁକରୁ ପଠା ଯାଇଛି । ସୋସିଆଲ କ୍ଲିନିକ ୱେବସାଇଡର ମତ ଅନୁସାରେ କେଳବ ୨୦୧୩ରେ ସାଉଦିରେ ୭.୮ ମିଲିଅନ ଫେସବୁକ ବ୍ୟବହାରକାରୀ ଥିଲେ । ୨୦୦୪ରେ ମାତ୍ର ୧ ମିଲିଅନ ଫ୍ୟାନଙ୍କୁ ନେଇ ଆରମ୍ଭ ହୋଇଥିବା ଫେସବୁକ ବର୍ତ୍ତମାନ ୧,୨୩୦ ମିଲିଅନ ବ୍ୟବହାରିକାରୀଙ୍କ ପାଖରେ ପହଞ୍ଚିଛି । ୨୦୦୫ରେ ୬ ମିଲିଅନ ବ୍ୟବହାରୀକାରୀ ଥିବା ବେଳେ ୨୦୦୭ରେ ୫୮ ମିଲିଅନ, ୨୦୦୮ରେ ୧୪୫ ମିଲିଅନ, ୨୦୦୯ରେ ୩୬୦ ମିଲିଅନ, ୨୦୧୦ରେ ୬୦୮, ୨୦୧୧ରେ ୮୪୫, ୨୦୧୨ରେ ୧,୦୫୬ ଏବଂ ୨୦୧୩ରେ ୧,୨୩୦ ମିଲିଅନ ବ୍ୟକ୍ତି ଫେସବକୁ ବ୍ୟବହାର କରୁଥିବା ୧୦ ବର୍ଷ ପୂର୍ତ୍ତି ଉତ୍ସବରୁ ଜଣାପଡିଥିଲା ।

ସଂ ଗଚ୍ଛଧ୍ୱଂ ସଂ ବଦଧ୍ୱଂ ସଂ ବୋ ମନାଂସି ଜାନତାମ୍ ।
ଦେବା ଭାଗଂ ଯଥା ପୂର୍ବେ ସଂଜାନାନା ଉପାସତେ ।।
ସମାନୋ ମନ୍ତ୍ରଃ ସମିତିଃ ସମାନୀ ସମାନମ୍ ମନଃ ସହ ଚିତ୍ତମେଷାମ୍।
ସମାନଂ ମନ୍ତ୍ରମଭି ମନ୍ତ୍ରୟେ ବଃ ସମାନେନ ବୋ ହବିଷା ଜୁହୋମି।।
ସମାନୀ ବ ଆକୂତିଃ ସମାନା ହୃଦୟାନି ବଃ ।
ସମାନମସ୍ତୁ ବୋ ମନୋ ଯଥା ବଃ ସୁସହାସତି ...
ଋଗ୍ ବେଦ ୧୦/୧୯୧-୨-୪

ପର୍ଯ୍ୟବେକ୍ଷକ

## ସମ୍ପାଦକୀୟ

**ଭୁବନେଶ୍ୱର, ୨୦୨୧, ନଭେମ୍ବର ୨୬**

# ବେକାରୀ ସମସ୍ୟା ଭବିଷ୍ୟତରେ ମୁଣ୍ଡବ୍ୟଥାର କାରଣ ହେବ !



ସମଗ୍ର ବିଶ୍ୱ ଆଜି ଧ୍ୱଂସମୁଖରୁ ନିଜକୁ ରକ୍ଷାକରିବାକୁ ପ୍ରୟାସ ଚଳାଇଥିଲା ବେଳେ ଆତଙ୍କବାଦୀ ସଂଗଠନ ଏ ସମଗ୍ର ଦେଶକୁ ଧ୍ୱଂସମୁଖକୁ ଠେଲିଦେବା ପାଇଁ ତତ୍ପର ହୋଇଉଠିଛନ୍ତି। ଭାରତ ସମେତ ପୃଥିବୀର ପ୍ରମୁଖ ରାଷ୍ଟ୍ରସମୂହ ଆତଙ୍କବାଦୀ ସମସ୍ୟାକୁ ନେଇ ବ୍ୟସ୍ତ ହୋଇପଡିଛନ୍ତି; କିନ୍ତୁ କ୍ଷୋଭର ବିଷୟ ଯେ ସମଗ୍ର ଜନସଂଖ୍ୟାର ଯେଉଁ ଗୁରୁତ୍ୱପୂର୍ଣ୍ଣ ଅଂଶ ଏହି ଜଟିଳ କାର୍ଯ୍ୟକୁ ସଫଳ କରିପାରନ୍ତେ, ସେହି ଯୁବଗୋଷ୍ଠୀ ଆଜି ପଥଭ୍ରଷ୍ଟ ହୋଇପଡିଛନ୍ତି। ସମ୍ପ୍ରତି ଦେଖାଦେଇଥିବା ବେକାରୀ ସମସ୍ୟା ଏଭଳି ଉତ୍କଟ ଆକାର ଧାରଣ କଲାଣି ଯେ ନିଜର ଅନ୍ଧକାରମୟ ଭବିଷ୍ୟତକୁ ସ୍ପଷ୍ଟ ଦେଖିପାରୁଥିବା ଯୁବସମାଜ ଆଉ ରାଷ୍ଟ୍ର ହିତ କଥା ଚିନ୍ତା କରିବା ଅବସ୍ଥାରେ ନାହାଁନ୍ତି। ଛାତ୍ରଟିଏ ଦେଶର ଆଲୋକ ବର୍ତ୍ତିକା, ଯିଏ କି ଏ ଦେଶର ଘନ ତମସାଚ୍ଛନ୍ନ ଦିଗ୍‌ବଳୟକୁ ଉଜ୍ଜ୍ୱଳ ଦୀପଶିଖାରେ ଆଲୋକିତ କରାଇଥାଏ। ନିଜର ଏକାନ୍ତ ଆତ୍ମବିଶ୍ୱାସ, ଦୃଢତା, ନିଷ୍ଠା, ନିଃସ୍ୱାର୍ଥପରତା, ଶକ୍ତିବତା, ଧାର୍ମିକତା, କର୍ତ୍ତବ୍ୟପରାଣୟତା, ଉଦାରତା, ସମୟାନୁବର୍ତ୍ତିତା, ସହନଶୀଳତା, ଧୈର୍ଯ୍ୟଶୀଳତା, କାର୍ଯ୍ୟଦକ୍ଷତା ଓ ଜ୍ଞାନବତା ପ୍ରଭୃତି ଗୁଣାବଳୀ ନିଜର ଲାଭ କରିବା ସଙ୍ଗେ ସଙ୍ଗେ ଅନ୍ୟର ତଥା ସମାଜର ମାର୍ଗଦର୍ଶନରେ ସମକକ୍ଷ ହୋଇଥାଏ। ମାତ୍ର ଦୁଃଖର ବିଷୟ ଏହି ଯୁବସମାଜର କେଉଁ ଏକ ସ୍ୱର୍ଣ୍ଣିମ ସ୍ୱପ୍ନିଳ ମୁହୂର୍ତ୍ତରେ ଅନ୍ତରର ନିଭୃତ କୋଣରେ ଜନ୍ମ ନେଇଥିବା ଏକ ସୁନ୍ଦର ସ୍ୱପ୍ନକୁ ସାକାର କରିବାର ସବୁପ୍ରକାର ଆଶା ଯେତେବେଳେ ମଉଳିଯାଉଛି ତା'ର ମନ ବିଦ୍ରୋହ କରି ଉଠୁଛି ଆଜିର ବ୍ୟବସ୍ଥା ବିରୁଦ୍ଧରେ। ତୀବ୍ର ପ୍ରତିଦ୍ୱନ୍ଦ୍ୱିତାପୂର୍ଣ୍ଣ ଆଜିର ସମାଜରେ ଏକରୁ ଆରେକ ବଳି ଯୋଗ୍ୟତା ରଖିଥିବା କିଛିଟା ମୁଷ୍ଟିମେୟଙ୍କୁ ଛାଡିଦେଲେ ପ୍ରକୃତ ହିତାଧିକାରୀ ଯେଉଁମାନେ ଡିଗ୍ରୀ ହାସଲ କରି ବାରଦୁଆର ଶୁଣ୍ଢିପିଣ୍ଡା ହେଉଛନ୍ତି, ସେମାନେ ଯଦି କର୍ମସଂସ୍ଥାନର ସୁବିଧା ପାଆନ୍ତେ, ତେବେ ସମାଜରୁ ବେକାର ସମସ୍ୟା ଦୂର ହୋଇପାରନ୍ତା। ଆମ ଓଡିଶା ଭଳି ଆଗକୁ ଅଗ୍ରସର କରୁଥିବା ରାଜ୍ୟର ଶିକ୍ଷିତ ବେକାରଙ୍କ ସଂଖ୍ୟା ପରିସଂଖ୍ୟାନ ଅନୁସାରେ ଏପ୍ରିଲ, ଜୁନ ୨୦୨୦ରୁ ୧୩ ମାର୍ଚ୍ଚ ୨୦୨୧ ସୁଦ୍ଧା ୪୫ ଲକ୍ଷରେ ପହଂଚିଛି। 'ସେଂଟର ଫର ମନିଟରିଙ୍ଗ ଇଣ୍ଡିଆନ ଇକୋନମି' ଅନୁସାରେ ଓଡିଶାରେ ୨୦୧୭ ସୁଦ୍ଧା ବେକାରୀ ସଂଖ୍ୟା ୧୦.୭% ଥିବାବେଳେ ତାହା ବୃଦ୍ଧି ପାଇ ୨୩.୮%ରେ ପହଞ୍ଚିଛି, ଯାହା ଅତ୍ୟନ୍ତ ଉଦ୍‌ବେଗର କାରଣ।

ଦୀର୍ଘ ସମୟ ଅଧ୍ୟୟନ ଭିତରେ ମାତାପିତାଙ୍କ କଷ୍ଟାର୍ଜିତ ଅର୍ଥକୁ ନିଃଶେଷ କଲାପରେ ସେମାନଙ୍କୁ ଖୁସି ମିଳିବାର ସମୟ ଯେତେବେଳେ ଉପନୀତ ହୋଇଥାଏ ସେତେବେଳେ କପର୍ଦ୍ଦକଶୂନ୍ୟ ହୋଇ ଦୟନୀୟ ଅବସ୍ଥାରେ କାଳ କାଟୁଛନ୍ତି ଆମର ଯୁବସମାଜ। ପ୍ରତିବର୍ଷ ପ୍ରାୟ ୫ରୁ ୬ ଲକ୍ଷ ମାଟ୍ରିକ ଓ ତିନିଲକ୍ଷ ମାଧ୍ୟମିକ ପରୀକ୍ଷା ଦେଇଥା'ନ୍ତି। ସେମାନଙ୍କ ମଧ୍ୟରୁ ଅନେକ ଉଚ୍ଚଶିକ୍ଷା ଲାଭ କରନ୍ତି। କିନ୍ତୁ ଯୁକ୍ତତିନି ଓ ଏମ.ଏ. ଏମ.ଏସସି., ଓ ଏମ.କମ. ପାଶ କରୁଥିବା ହଜାର ହଜାର ଶିକ୍ଷିତଙ୍କ ପାଇଁ ସହର ବା ମଫସଲରେ କୌଣସି କାମଧନ୍ଦା ନାହିଁ। ଫଳରେ ସେମାନେ କାମଧନ୍ଦା ନପାଇ ବିଭିନ୍ନ ଅନୈତିକ ଓ ଅସାମାଜିକ କାର୍ଯ୍ୟରେ ନିଜକୁ ଲିପ୍ତ କରିବା ସହ ସମାଜକୁ କଳୁଷିତ କରୁଛନ୍ତି, ଯାହା ସମାଜ ପାଇଁ ଶୁଭଙ୍କରୀ ନୁହେଁ। କଥାରେ ଅଛି-"An evil mind is devil's work-shop"। ସରକାର ବେକାରୀ ସମସ୍ୟା ଦୂରକରିବା ପାଇଁ ଯେତେ ଡିଣ୍ଡିମ ପିଟିଲେ ମଧ୍ୟ ତାହା କେବଳ ପ୍ରହସନରେ ପରିଣତ ହୋଇଛି। ଯେଉଁମାନେ ବୈଷୟିକ ବିଦ୍ୟା ଅଧ୍ୟୟନ କରି ନିଜକୁ କୁଶଳ ଓ ସମର୍ଥ କରିଛନ୍ତି, ସେମାନଙ୍କୁ ଅଦ୍ୟାବଧି ସରକାର କର୍ମ ଯୋଗାଇପାରିନାହାଁନ୍ତି। ଫଳରେ ସେମାନେ ପେଟ ଚାଖଣ୍ଡକ ପାଇଁ ନିଜ ଭିଟାମାଟି ଛାଡି ଅନ୍ୟ ରାଜ୍ୟ ତଥା ଦେଶକୁ ଯିବାପାଇଁ ବାଧ୍ୟ ହେଉଛନ୍ତି। ଏହି ସମସ୍ୟା ସରକାରଙ୍କର ବିଭିନ୍ନ ଯୋଜନା ତଥା ପାରିବାରପଣିଆ ଉପରେ ପ୍ରଶ୍ନବାଚୀ ସୃଷ୍ଟି କରୁଛି। ବର୍ତ୍ତମାନ ରାଜ୍ୟ ସରକାର ଓ କେନ୍ଦ୍ର ସରକାରଙ୍କର ସଚିବାଳୟଠାରୁ ନେଇ ବ୍ଲକସ୍ତର ପର୍ଯ୍ୟନ୍ତ ବିଭିନ୍ନ କାର୍ଯ୍ୟାଳୟରେ ହଜାର ହଜାର ସଂଖ୍ୟାରେ ବିଭିନ୍ନ ପଦବୀ ଖାଲି ପଡିଥିବା ବେଳେ ଏତେ ସଂଖ୍ୟାରେ ଶିକ୍ଷିତ ବେକାର ରାଜ୍ୟ ତଥା କେନ୍ଦ୍ର ପକ୍ଷରେ ଏକ ବିଡମ୍ବନାର ବିଷୟ। ଯଦିଓ ଓଡ଼ିଶାରେ ବିଗତ ଦିନରେ ଅନେକ ଶିଳ୍ପକାରଖାନା ସ୍ଥାପନ କରାଯାଇଛି, ତଥାପି ଏହା ସ୍ପଷ୍ଟ ଅନୁମେୟ, ସେସବୁ ଶିଳ୍ପସଂସ୍ଥାରେ ଯେତେ ଶିକ୍ଷିତ ଲୋକ ନିଯୁକ୍ତି ପାଇଛନ୍ତି, ସେମାନଙ୍କ ମଧ୍ୟରୁ ପ୍ରାୟ ଅଧା ଓଡିଶା ବାହାରର। ବାହାର ରାଜ୍ୟମାନଙ୍କରୁ ବୈଷୟିକ ବିଦ୍ୟାରେ ଉତ୍ତୀର୍ଣ୍ଣ ହୋଇ ବା ରାଜ୍ୟର ଶିକ୍ଷାନୁଷ୍ଠାନମାନଙ୍କରୁ ପ୍ରଶିକ୍ଷଣପ୍ରାପ୍ତ ଯୁବକ, ଯୁବତୀ ବିଭିନ୍ନ ରାଜ୍ୟରେ ତଥା ବିଦେଶରେ ନିଯୁକ୍ତି ପାଇଛନ୍ତି। ଏହାସତ୍ତ୍ୱେ ୩୫ ଲକ୍ଷରୁ ଉର୍ଦ୍ଧ୍ୱ ଶିକ୍ଷିତ ଯୁବକଯୁବତୀ ବେକାର ହୋଇ ଘରେ ବସିବା ମୁଣ୍ଡବ୍ୟଥାର କାରଣ। ବେକାରୀ ସଂଖ୍ୟା ଯେତିକି ବଢିବ ଆଂଚଳିକତାର ପ୍ରଭାବ ସେତିକି କାୟାବିସ୍ତାର କରିବ।

ବର୍ତ୍ତମାନ ଓଡିଶାର ବ୍ୟକ୍ତିଗତ ଉଦ୍ୟମରେ ସ୍ଥାପନ କରାଯାଇଥିବା ଇଂଜିନିୟରିଂ ଓ ମ୍ୟାନେଜମେଂଟ କଲେଜମାନଙ୍କରେ ନାମ ଲେଖାଇବା ପାଇଁ ଉପଯୁକ୍ତ ଛାତ୍ର ମିଳୁ ନ ଥିବାରୁ ପ୍ରାୟ ୨୪ ହଜାରରୁ ଅଧିକ ସ୍ଥାନ ଖାଲିପଡ଼ିଛି। ଦେଶ ତଥା ରାଜ୍ୟରେ ଏପରି ଅବସ୍ଥା ଲାଗି ରହିଥିବା ବେଳେ କିପରି ନୂଆ ନୂଆ ଇଂଜିନିୟରିଂ କଲେଜ ଖୋଲିବା ପାଇଁ ରାଜ୍ୟ ଓ କେନ୍ଦ୍ର ସରକାର ମଂଜୁରୀ ପ୍ରଦାନ କରୁଛନ୍ତି, ତାହା ବିଚାରଯୋଗ୍ୟ। ପୁଣି ବିଦେଶ ମାଟିରେ ଆଉ ଅଧିକ ବୈଷୟିକ ଜ୍ଞାନପ୍ରାପ୍ତ ଯୁବକଯୁବତୀମାନଙ୍କୁ ସ୍ୱାଗତ କରାଯିବ ନାହିଁ। ଏପରି ଅବସ୍ଥାରେ ରାଜ୍ୟରେ ଗୋଟିଏ ଗୋଷ୍ଠୀ କେବଳ ନିଜର ସ୍ୱାର୍ଥପାଇଁ ହିଁ କାର୍ଯ୍ୟ କରିଥା'ନ୍ତି। ଜୀବନର ସମସ୍ତ ପ୍ରକାର ପାର୍ଥିବ ସୁଖ ସେମାନଙ୍କୁ ସହଜଲବ୍ଧ ହୋଇଥାଏ। ସମୟାନୁକ୍ରମେ ସେମାନେ ଅନୈତିକତାର ଶିକାର ହୋଇ ଏମିତି ଶକ୍ତିଶାଳୀ ହୋଇଉଠନ୍ତି ଯେ ଆଇନ ଓ ଶାସନକୁ ହାତମୁଠାକୁ ଆଣିବାକୁ ଚେଷ୍ଟା କରିଥା'ନ୍ତି। ଏ ଦିଗପ୍ରତି ତଥାକଥିତ ଯୁବସମାଜ ସହଜରେ ଆକୃଷ୍ଟ ହୋଇଥା'ନ୍ତି। ଯେଉଁଠାରେ ରାଷ୍ଟ୍ରଭକ୍ତି, ଶୃଙ୍ଖଳାକୁ ଗୁରୁତ୍ୱ ନଦେଇ ସହଜ ଭାବରେ ରାତାରାତି ଧନୀ ଓ ପ୍ରଭାବଶାଳୀ ପାଲଟି ଯିବାର ବିକୃତ ମାନସିକତା ଯୁବକମାନଙ୍କୁ ଅସାମାଜିକ ଏବଂ ଦେଶଦ୍ରୋହୀ କରିଦିଏ। ମନରେ ବିଦ୍ରୋହର ବହ୍ନି ଜଳିଉଠେ। ସେ ଯୁକ୍ତି ବାଢିଥାଏ ଯେଉଁ ଦେଶ, ରାଜ୍ୟ ତାଙ୍କ ବିଷୟରେ ଚିନ୍ତା କଲାନାହିଁ, ତେବେ ସେମାନେ କାହିଁକି ଦେଶ ତଥା ରାଜ୍ୟ ବିଷୟରେ ଭାବିବେ? ତେଣୁ ଉଭୟେ କେନ୍ଦ୍ର ତଥା ରାଜ୍ୟ ସରକାର ବର୍ତ୍ତମାନ ପରିପ୍ରେକ୍ଷୀରେ ଏହି ବେକାର ଯୁବକମାନଙ୍କ କଥା ବିଚାର କରିବା ନିତାନ୍ତ ଦରକାର। କାରଣ ଯୁବ ସମ୍ପ୍ରଦାୟ ଯଦି ପଥହୁଡି ନିଜକୁ ଅସାମାଜିକ କାର୍ଯ୍ୟରେ ଲିପ୍ତ କରିବେ, ତେବେ ଦେଶ ତଥା ରାଜ୍ୟ ରସାତଳଗାମୀ ହୋଇଯିବ, ଏଥିରେ ତିଳେମାତ୍ର ସନ୍ଦେହ ନାହିଁ। ଦେଶର ପ୍ରଗତି ଦିଗରେ ଧ୍ୟାନଦେବା ସହ ସମୟ ଓ ସମ୍ବଳକୁ ଯୁବସମାଜରେ ଶୃଙ୍ଖଳା ରକ୍ଷାକରିବା ଉଦ୍ଦେଶ୍ୟରେ ନ ଲଗାଇଲେ ଦେଶର ଅଗ୍ରଗତି ନହୋଇ ଅଧୋଗତି ହେବ। ତେଣୁ ସରକାର ଯେତେଶୀଘ୍ର ଏ କଥାକୁ ଉପଲବ୍ଧି କରିବା ଦରକାର, ନଚେତ୍ ଏହି ବେକାରୀ ଯୁବସମାଜ ଭବିଷ୍ୟତରେ ସରକାର ପତନର କାରଣକୁ ଏଡାଇ ଦିଆଯାଇ ନ ପାରେ।

**ଉମାଶଙ୍କର ପ୍ରସାଦ**, ସ୍ତମ୍ଭକାର ଖୋରଧା,
ମୋ: ୬୩୭୦୬ ୭୫୫୬୨

*ପାଠକୀୟ ମତାମତ ଓ ପରାମର୍ଶ 'ପର୍ଯ୍ୟବେକ୍ଷକ' ସମ୍ପାଦକଙ୍କ ପାଇଁ ବେଶ୍ ମହତ୍ତ୍ୱପୂର୍ଣ୍ଣ। ତା' ବ୍ୟତୀତ ଆପଣଙ୍କ ଅଞ୍ଚଳର ବିକାଶ କ୍ଷେତ୍ରରେ ଥିବା ସମସ୍ୟା, ଆପଣମାନଙ୍କ ଅଭିଯୋଗ, ଆଶଙ୍କା ଓ ଉଦ୍‌ବେଗ ଆଦି ବିଷୟରେ ଜାଣିବାକୁ ଆମେ ଉଦ୍‌ଗ୍ରୀବ। ଇ-ମେଲ୍ କିମ୍ବା ଫାକ୍ସ ଜରିଆରେ ଆପଣମାନେ ସିଧାସଳଖ ସମ୍ପାଦକଙ୍କ ସହ ଯୋଗାଯୋଗ କରିପାରିବେ।*

**E-mail: editorpbkc@gmail.com**
**9853400829 (M), Fax: 0674-2550504**

# 'ଆମେ ଭାରତର ଜନସାଧାରଣ'

ହିମାଂଶୁଶେଖର ଆଚାର୍ଯ୍ୟ



ପ୍ରତ୍ୟେକ ଭାରତୀୟଙ୍କ ପାଇଁ ଜାନୁଆରୀ ଛବିଶି ପରି ନଭେମ୍ବର ୨୬ ତାରିଖ ହେଉଛି ଏକ ସ୍ମରଣୀୟ ଦିବସ । ଏହିଦିନ ଆମ ଦେଶର ସମ୍ବିଧାନ ପ୍ରସ୍ତୁତି କାର୍ଯ୍ୟ ଶେଷ ହୋଇଥିଲା। ୧୯୪୭ ମସିହା ଅଗଷ୍ଟ ୧୫ ତାରିଖରେ ଦେଶ ସ୍ୱାଧୀନ ହୋଇଥିଲେ ମଧ୍ୟ ଆମ ଦେଶକୁ ଶାସନ କରିବା ପାଇଁ ଏକ ସମ୍ବିଧାନର ଆବଶ୍ୟକତା ଥିଲା। ଯେକୌଣସି ଦେଶର ଶାସନ ପାଇଁ ସମ୍ବିଧାନର ଯଥେଷ୍ଟ ଆବଶ୍ୟକତା ରହିଛି। ପ୍ରତ୍ୟେକ ଦେଶର ସମ୍ବିଧାନ ନିଜ ଦେଶର ପରିସ୍ଥିତି, ପରିବେଶ ଓ ସମୟ ଅନୁସାରେ ତିଆରି ହୋଇଥାଏ। ଏହି କାରଣରୁ ଗୋଟିଏ ଦେଶର ସମ୍ବିଧାନ ଅନ୍ୟ ଦେଶର ସମ୍ବିଧାନ ଠାରୁ ଭିନ୍ନ ହୋଇଥାଏ। ଭାରତୀୟ ସମ୍ବିଧାନର ଜନ୍ମ ଦିନ ପ୍ରସ୍ତାବନାରେ ବର୍ଣ୍ଣିତ ହୋଇଛି। ୧୯୪୯ ମସିହା ନଭେମ୍ବର ୨୬ ତାରିଖରେ ଭାରତର ସମ୍ବିଧାନ ଗୃହିତ ହୋଇଥିଲା; ଅର୍ଥାତ୍ ଏହିଦିନ ସମ୍ବିଧାନକୁ ଗ୍ରହଣ ଓ ପ୍ରଣୟନ କରି ତାହା ଦେଶବାସୀଙ୍କ ପାଇଁ ଅର୍ପଣ କରାଯାଇଥିଲା। ପୂର୍ବରୁ ଏହା 'ଜାତୀୟ ଆଇନ ଦିବସ' ଭାବେ ପାଳନ ହୋଇଆସୁଥିବା ବେଳେ ୨୦୧୫ ମସିହା ଅକ୍ଟୋବର ୧୧ ତାରିଖରେ ଏବର ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦି ନଭେମ୍ବର ୨୬ ତାରିଖକୁ 'ସମ୍ବିଧାନ ଦିବସ' ରୂପେ ପାଳନ କରିବାକୁ ଘୋଷଣା କରିଥିଲେ। ତଦନୁଯାୟୀ ଏହା ସମ୍ବିଧାନ ଦିବସ ରୂପେ ପାଳନ କରାଯାଉଛି।

ପ୍ରତ୍ୟେକ ଲିଖିତ ସମ୍ବିଧାନ ପରି ଭାରତୀୟ ସମ୍ବିଧାନର ପ୍ରାରମ୍ଭରେ ଏକ ପ୍ରସ୍ତାବନା ରହିଛି । ପ୍ରସ୍ତାବନା ସମ୍ବିଧାନର ଏକ ସଂକ୍ଷିପ୍ତ ରୂପ ଅଟେ । ଏଥିରେ ସମ୍ବିଧାନର ଲକ୍ଷ୍ୟ, ଅଭୀପ୍ସା, ଆକାଙ୍‌କ୍ଷା ଓ ଆଇନଗତ ଭିତ୍ତି ସମ୍ବନ୍ଧରେ ସୂଚନା ଦିଆଯାଇଛି । ସମ୍ବିଧାନର ପ୍ରସ୍ତାବନାରେ କୁହାଯାଇଛି - "ଆମେ ଭାରତର ଜନସାଧାରଣ ଦୃଢ ସଂକଳ୍ପ କରୁଛୁ ଯେ, ଭାରତକୁ ଏକ ସାର୍ବଭୌମ, ସମାଜବାଦୀ, ଧର୍ମନିରପେକ୍ଷ, ଗଣତାନ୍ତ୍ରିକ, ସାଧାରଣତନ୍ତ୍ର ରାଷ୍ଟ୍ରଭାବେ ଗଠନ କରିବୁ ଏବଂ ଏହାକୁ ସମସ୍ତ ନାଗରିକମାନଙ୍କୁ ପ୍ରଦାନ କରିବୁ। ସାମାଜିକ, ଅର୍ଥନୈତିକ ଏବଂ ରାଜନୀତିକ ନ୍ୟାୟ ବିଚାର, ଅଭିବ୍ୟକ୍ତି, ବିଶ୍ୱାସ ଧର୍ମ ଏବଂ ଉପାସନାରେ ସ୍ୱତନ୍ତ୍ରତା, ସ୍ଥିତି ଓ ସୁଯୋଗର ସମାନତା ଏବଂ ଏବଂ ସମସ୍ତ ନାଗରିକମାନଙ୍କ ମଧ୍ୟରେ ତାହାର ବିକାଶ, ବ୍ୟକ୍ତିର ମର୍ଯ୍ୟାଦା ଏବଂ ଜାତିର ଏକତା ଓ ସଂହତି ପାଇଁ ଭ୍ରାତୃତ୍ୱଭାବ ସୁନିଶ୍ଚିତ କରିବୁ। ଆମ୍ଭର ଏହି ଶାସନ ବିଧାୟକ ସଭାରେ ୧୯୪୯ ମସିହା ନଭେମ୍ବର ମାସ ୨୬ ତାରିଖ ଦିନ, ଏତଦ୍ୱାରା ଏହି ସମ୍ବିଧାନକୁ ଅବଲମ୍ବନ ଓ ପ୍ରଣୟନ କରୁଛୁ ଏବଂ ଆମ୍ଭମାନଙ୍କଠାରେ ତାହା ଅର୍ପଣ କରୁଛୁ''। ମୂଳ ସମ୍ବିଧାନରେ ସମାଜବାଦୀ, ଧର୍ମ ନିରପେକ୍ଷତା ଓ ସଂହତି ଶବ୍ଦ ନଥିଲା। ୧୯୭୬ ମସିହାର ୪୨ତମ ସମ୍ବିଧାନ ସଂଶୋଧନ ଆଇନ ବଳରେ ପ୍ରସ୍ତାବନାରେ ଏହି ତିନୋଟି ଶବ୍ଦକୁ ଯୋଡାଯାଇଅଛି। ପ୍ରସ୍ତାବନା ଅନୁଯାୟୀ ଭାରତର ସାର୍ବଭୌମ କ୍ଷମତା ଲୋକମାନଙ୍କ ହସ୍ତରେ ନ୍ୟସ୍ତ ।



ଆଧୁନିକ ଯୁଗରେ ସମ୍ବିଧାନ ନିର୍ମାଣ କାର୍ଯ୍ୟ ନାଗରିକମାନଙ୍କ ଦ୍ୱାରା ବିଶେଷ ଉପରେ ଗଠିତ ଏକ ପ୍ରତିନିଧିମୂଳକ ଏକ ସମ୍ବିଧାନ ସଭା ଦ୍ୱାରା ହୁଏ। ସାଧାରଣ ଅର୍ଥରେ ଯେଉଁ ସଭା ଦେଶର ସମ୍ବିଧାନକୁ ନିର୍ମାଣ କରେ, ତାକୁ ସମ୍ବିଧାନ ସଭା କୁହାଯାଏ। ୧୯୪୬ ମସିହା କ୍ୟାବିନେଟ ମିଶନ ଯୋଜନା ଭାରତରେ ଗୋଟିଏ ସମ୍ବିଧାନ ସଭା ଗଠନ କରି ସମ୍ବିଧାନ ପ୍ରଣୟନ ପାଇଁ ପ୍ରସ୍ତାବ ଦେଇଥିଲେ। ଏହି ସୁପାରିଶ ଅନୁସାରେ ୧୯୪୬ ମସିହା ଜୁଲାଇ ମାସରେ ସମ୍ବିଧାନ ସଭା ପାଇଁ ନିର୍ବାଚନ ହୋଇଥିଲା। ଏଥିରେ କଂଗ୍ରେସ ୨୦୫, ମୁସଲିମ୍ ଲିଗର ୭୩, ଅକାଳୀ ଦଳର ୩ ଏବଂ ୧୮ ଜଣ ସ୍ୱାଧୀନ ସଦସ୍ୟ ନିର୍ବାଚିତ ହୋଇଥିଲେ। ମୁସଲିମ୍ ଲିଗର ୩ଟି ସଦସ୍ୟ ଏବଂ ଅକାଳୀ ଦଳର ୩ଟି ସଦସ୍ୟ କଂଗ୍ରେସକୁ ପ୍ରାପ୍ତ ହେବାରୁ ମୋଟ ୨୧୧ ଜଣ କଂଗ୍ରେସ ସଦସ୍ୟ ଥିଲେ। ସମ୍ବିଧାନର ପ୍ରଥମ ବୈଠକ ୮ ଡିସେମ୍ବର ୧୯୪୬ ମସିହାରେ ଅନୁଷ୍ଠିତ ହୋଇଥିଲା। ସମ୍ବିଧାନ ସଭାରେ ସମ୍ବିଧାନର ଏକ ଚିଠା ପ୍ରସ୍ତୁତ କରିବା ପାଇଁ ୨୯ ଅଗଷ୍ଟ ୧୯୪୭ରେ ଡକ୍ଟର ଭୀମରାଓ ଆମ୍ବେଦକରଙ୍କ ଅଧ୍ୟକ୍ଷତାରେ ୭ ଜଣ ସଦସ୍ୟଙ୍କୁ ନେଇ ଏକ ଚିଠା କମିଟି ଗଠନ କରାଯାଇଥିଲା। ଏହି କମିଟିର ଅନ୍ୟ ସଦସ୍ୟମାନେ ଥିଲେ ଏନ୍ ଗୋପାଳସ୍ୱାମୀ ଆୟଙ୍ଗାର, ଆଲାଦି କ୍ରିଷ୍ଣାସ୍ୱାମୀ ଆୟର, ମହମ୍ମଦ ସାଦୁଲ୍ଲା, କେ.ଏମ୍. ମୁନସୀ, ବି.ଏଲ୍. ମିତର ଏବଂ ଡି.ପି. ଖେତାନ। କିନ୍ତୁ ଅଳ୍ପଦିନ ପରେ ବି.ଏଲ୍ ମିତରଙ୍କ ସ୍ଥାନରେ ଏନ୍. ମାଧବନ ରାଓଙ୍କୁ ନିଆଗଲା। ୧୯୩୯ରେ ବି.ପି. ଖେତାନଙ୍କ ସ୍ଥାନରେ ଟି.ଟି. କୃଷ୍ଣମାଚାରୀଙ୍କୁ ନିଆଗଲା।

ସମ୍ବିଧାନ ସଭା ୧୯୪୬ ଡିସେମ୍ବର ୯ ତାରିଖରୁ ୧୯୪୯ ମସିହା ନଭେମ୍ବର ୨୬ ତାରିଖ ପର୍ଯ୍ୟନ୍ତ ମୋଟ ୨ବର୍ଷ ୧୧ମାସ ୧୮ ଦିନ କଠିନ ପରିଶ୍ରମ କରି ସମ୍ବିଧାନ ପ୍ରସ୍ତୁତ କରିଥିଲେ। ଏଥିପାଇଁ ୧୧ଟି ଅଧିବେଶନ ଏବଂ ୧୬୫ ଦିନ ବୈଠକ ବସିଥିଲା। ଶେଷରେ ୩୯୫ଟି ଧାରା ଏବଂ ୮ଟି ପରିଶିଷ୍ଟ ବିଶିଷ୍ଟ ଭାରତ ସମ୍ବିଧାନ ପ୍ରଣୟନ କରାଗଲା। ପଣ୍ଡିତ ଜବାହରଲାଲ ନେହେରୁ, ସର୍ଦ୍ଦାର ବଲ୍ଲଭଭାଇ ପଟେଲ୍, ଡଃ ରାଜେନ୍ଦ୍ର ପ୍ରସାଦ, ମୌଲାନା ଅବୁଲ କଲାମ ଆଜାଦ୍, ଚକ୍ରବର୍ତ୍ତୀ ରାଜଗୋପାଳଚାରୀ, ପଣ୍ଡିତ ଗୋବିନ୍ଦବଲ୍ଲଭ ପନ୍ଥ, ବାଳଗୋବିନ୍ଦ ଖେର, ବାବୁ ପୁରୁଷୋତ୍ତମ ଦାସ ଟଣ୍ଡନ, ଆଚାର୍ଯ୍ୟ କୃପାଳିନୀଙ୍କ ଭଳି କଂଗ୍ରେସର ପ୍ରାୟ ସମସ୍ତ ବଡ ବଡ ନେତାମାନେ ସମ୍ବିଧାନ ସଭାର ସଦସ୍ୟ ଥିଲେ। କଂଗ୍ରେସ ବ୍ୟତୀତ ଅନ୍ୟ ଦଳର ବିଶିଷ୍ଟ ନେତାମାନେ ଥିଲେ ଡଃ ସର୍ବପଲ୍ଲୀ ରାଧାକ୍ରିଷ୍ଣନ, ଡଃ ଶ୍ୟାମପ୍ରସାଦ ମୁଖାର୍ଜୀ, ପଣ୍ଡିତ ହୃଦୟନାଥ କୁଞ୍ଜରୁ, ଡଃ ଜୟକର ଓ ପ୍ରଫେସର କେ.ଟି. ସାହ। ମହିଳା ସଦସ୍ୟମାନଙ୍କ ମଧ୍ୟରୁ ସରୋଜିନୀ ନାଇଡୁ, ହଂସା ମେହଟ୍ଟା ଏବଂ ଦୁର୍ଗାବାଇ ଦେଶମୁଖ ପ୍ରମୁଖ ଥିଲେ।

ମୌଳିକ ଅଧିକାର ଗଣତାନ୍ତ୍ରିକ ରାଷ୍ଟ୍ର ନାଗରିକଙ୍କ ପାଇଁ ରକ୍ଷାକବଚ। ଏହି ଅଧିକାର ଦ୍ୱାରା ବ୍ୟକ୍ତିକୁ ଯେଉଁ ସ୍ୱାଧୀନତା ମିଳେ, ସିଏ ସେଥିରେ ସର୍ବବିଧ ଉନ୍ନତି ସାଧନ କରେ। ମୌଳିକ ଅଧିକାର କହିଲେ ରାଷ୍ଟ୍ରର ସମ୍ବିଧାନ ଦ୍ୱାରା ପ୍ରଦତ୍ତ ଏବଂ ସଂରକ୍ଷିତ ଅଧିକାରକୁ ବୁଝାଏ। ଏହି ମୌଳିକ ଅଧିକାରଗୁଡିକ ସମ୍ବିଧାନ ଦ୍ୱାରା ପ୍ରଦତ୍ତ ହେଉଥିବାରୁ ସମ୍ବିଧାନ ସଂଶୋଧନ ମାଧ୍ୟମରେ ଏହା ସଂଶୋଧିତ ହୋଇଥାଏ। ଭାରତୀୟ ନାଗରିକମାନେ ୬ଗୋଟି ମୌଳିକ ଅଧିକାର ଉପଭୋଗ କରୁଛନ୍ତି। ଯଥା- ସମାନତା ଅଧିକାର, ସ୍ୱାଧୀନତା ଅଧିକାର, ଶୋଷଣ ବିରୋଧରେ ଅଧିକାର, ଧର୍ମଗତ ଅଧିକାର, ସାଂସ୍କୃତିକ ଓ ଶିକ୍ଷାଗତ ଅଧିକାର, ସାମ୍ବିଧାନିକ ପ୍ରତିକାର ଅଧିକାର। ୧୯୭୮ ମସିହା ୪୪ତମ ସମ୍ବିଧାନ ସଂଶୋଧନ ଦ୍ୱାରା ସମ୍ପତ୍ତିଗତ ଅଧିକାରକୁ ମୌଳିକ ଅଧିକାରୁ ବାଦ୍ ଦିଆଯାଇଛି। ଫଳରେ ଏବେ ଭାରତର ନାଗରିକମାନେ ପୂର୍ବରୁ ଥିବା ୭ଟି ବଦଳରେ ଏବେ ୬ଟି ମୌଳିକ ଅଧିକାର ଉପଭୋଗ କରୁଛନ୍ତି। ରାଷ୍ଟ୍ରଦ୍ୱାରା ପ୍ରଦାନ କରାଯାଉଥିବା ମୌଳିକ ଅଧିକାର ଉପଭୋଗ କରିବା ସଙ୍ଗେ ସଙ୍ଗେ ନାଗରିକମାନେ ରାଷ୍ଟ୍ରପତି କେତେକ କର୍ତ୍ତବ୍ୟ ପାଳନ ପାଇଁ ଉଲ୍ଲେଖ କରାଯାଇଛି। ସମ୍ବିଧାନର ୪୨ତମ ସମ୍ବିଧାନ ସଂଶୋଧନ ଆଇନ ୧୯୭୬ ଦ୍ୱାରା ଏହା ଯୋଡାଯାଇଛି। ସର୍ବମୋଟ ୧୧ ଗୋଟି ମୌଳିକ କର୍ତ୍ତବ୍ୟକୁ ୫୧(କ) ଧାରାରେ ଉଲ୍ଲେଖକ ରାଯାଇଛି। ତନ୍ମଧ୍ୟରୁ ସମ୍ବିଧାନ, ଜାତୀୟ ପତାକା ଓ ଜାତୀୟ ସଙ୍ଗୀତକୁ ସମ୍ମାନ ଦେବା, ଜାତୀୟ ସ୍ୱାଧୀନତା ସଂଗ୍ରାମର ଆଦର୍ଶକୁ ସଂରକ୍ଷଣ କରିବା, ଭାରତର ସାର୍ବଭୌମତ୍ୱ, ଏକତା ଓ ଅଖଣ୍ଡତାର ସୁରକ୍ଷା କରିବା, ଦେଶରକ୍ଷା ପାଇଁ ଜାତୀୟ ସେବା କରିବା ଓ ମାଗଣା ଓ ବାଧ୍ୟତାମୂଳକ ଶିକ୍ଷା ପ୍ରଦାନ କରିବା ନିମନ୍ତେ ୬ରୁ ୧୪ବର୍ଷର ଶିଶୁମାନଙ୍କୁ ବିଦ୍ୟାଳୟକୁ ପଠାଇବା ଇତ୍ୟାଦି...।

ଇତିମଧ୍ୟରେ ଆମ ସମ୍ବିଧାନ ତିଆରିର ୭୨ ବର୍ଷ ଅତିକ୍ରମ କରିଛି। ସମ୍ବିଧାନ କାର୍ଯ୍ୟକାରୀ ହେବା ଦିନଠାରୁ ଉଭୟ କେନ୍ଦ୍ର ଓ ରାଜ୍ୟ ସରକାରମାନେ ଏହି ନୀତିଗୁଡିକୁ ପ୍ରୟୋଗ କରି ଅନେକ ସଫଳତା ହାସଲ କରିଛନ୍ତି। ଏହାଦ୍ୱାରା ଦେଶରେ ଅନେକ ସାମାଜିକ, ଆର୍ଥିକ ଓ ସାଂସ୍କୃତିକ ପରିବର୍ତ୍ତନ ଆସିଛି। ଭାରତୀୟ ସମ୍ବିଧାନର ନିର୍ମାତାମାନେ ସଂଶୋଧନର ଆବଶ୍ୟକତା ପ୍ରତି ଅବଗତ ଥିଲେ। ତେଣୁ ସମ୍ବିଧାନରେ ହିଁ ତା'ର ସଂଶୋଧନ ପ୍ରଣାଳୀକୁ ଲିପିବଦ୍ଧ କରାଯାଇଛି। ସମ୍ବିଧାନ ପ୍ରଣୟନ ଦିନଠାରୁ ହିସାବକୁ ନେଲେ ବିଗତ ଦିନରେ ଭାରତୀୟ ସମ୍ବିଧାନ ୧୦୦ରୁ ଅଧିକ ଥର ସଂଶୋଧନ ହୋଇସାରିଛି। ଏହା ଗ୍ରହଣୀୟ ନୁହେଁ। କାରଣ ସୁପ୍ରିମକୋର୍ଟଙ୍କ ମତରେ ସଂସଦ ସମ୍ବିଧାନର ମୌଳିକ ଢାଞ୍ଚାକୁ ସଂଶୋଧନ ବା ପରିବର୍ତ୍ତନ କରିପାରିବ ନାହିଁ। ତେଣୁ ଏଥିପ୍ରତି ଆମ ସରକାର ସଜାଗ ରହିବା ଦରକାର।

*-ଜଗତସିଂହପୁର, ମୋ-୯୯୩୭୧୫୧୦୫୨*

# ସତ୍ୟବାଦୀର ସଖା-ପଣ୍ଡିତ ଗୋଦାବରୀଶ

ଅକ୍ଷୟ କୁମାର ରାଉତ

ସଭ୍ୟତାର ସୂର୍ଯ୍ୟୋଦୟଠାରୁ କେତେ ମହାମନିଷୀ, ଜ୍ଞାନୀ, କବି, ଭାବୁକ, ରସିକ, ମହାପୁରୁଷ ଏହି ସୌନ୍ଦର୍ଯ୍ୟମୟୀ



ଉତ୍କଳର ପ୍ରମୋଦ ଉଦ୍ୟାନଙ୍କୁ ଆଲୋକିତ କରି ସତ୍ୟ, ଦୟା, କ୍ଷମା ଓ ଶାନ୍ତିର ଆଦର୍ଶକୁ ଦୀପ୍ତିମନ୍ତ କରିଛନ୍ତି। ସେମାନଙ୍କ ମଧ୍ୟରୁ ସତ୍ୟବାଦୀର ସଖା ପଣ୍ଡିତ ଗୋଦାବରୀଶ ମିଶ୍ର ଅନ୍ୟତମ। ୧୮୮୬ ମସିହା ଅକ୍ଟୋବର ୨୬ ତାରିଖ କାର୍ତ୍ତିକ ଦୀପାବଳୀ ଅମାବାସ୍ୟା ଦିନ ପୁରୀ ଜିଲ୍ଲାର ବାଣପୁର ନିକଟସ୍ଥ ଶ୍ରୀନିବାସପୁର ଶାସନରେ ଜନ୍ମଗ୍ରହଣ କରିଥିଲେ। ତାଙ୍କର ପିତା ଲିଙ୍ଗରାଜ ମିଶ୍ର ଥିଲେ ଜଣେ ଚଣ୍ଡୀସାଧକ ଓ ବୈଦ୍ୟ। ଗୋଦାବରୀ ତୀର୍ଥ ଯାତ୍ରା ପରେ ପୁତ୍ରଲାଭ ହୋଇଥିବାରୁ ପିତାମାତା ଗୋଦାବରୀ ମିଶ୍ର ନାମ ରଖିଥିଲେ। ମାତ୍ର ଭକ୍ତକବି ମଧୁସୂଦନ ଗୋଦାବରୀ ବାଳିକା ନାମକୁ ବାଳକ ନାମ ଗୋଦାବରୀଶ ମିଶ୍ର ରଖିଥିଲେ। ପଣ୍ଡିତ ଗୋଦାବରୀଶ ସ୍କୁଲରେ ପାଠ ପଢୁଥିବା ବେଳୁ ସ୍ତ୍ରୀଲୋକଙ୍କ ଭଳି ମୁଣ୍ଡରେ ଚୁଟି ରଖିବା ଓ କାନରେ ନୋଳି ପିନ୍ଧିବା ତାଙ୍କର ଥିଲା ଅଭ୍ୟାସ।

ଗୋଦାବରୀଶଙ୍କର ଶିକ୍ଷା ଗାଁ ଚାଟଶାଳୀର ଅବଧାନ ଗିରିଧର ମହାନ୍ତିଙ୍କ ପାଖରେ ଆରମ୍ଭ ହୋଇଥିଲା। ଉଚ୍ଚ ପ୍ରାଥମିକ ପରୀକ୍ଷା ପୂର୍ବରୁ ତାଙ୍କର ବିବାହ ସମ୍ପନ୍ନ ହୋଇଗଲା। ବାଣପୁରରେ ମଧ୍ୟ ଓଡିଆ ପଢି ସେ ଦ୍ୱିତୀୟ ଶ୍ରେଣୀରେ ପାସ୍ କରିବାରୁ ବୃତ୍ତି ମିଳିଲା ନାହିଁ।ତେଣୁ ପାଠପଢା ବନ୍ଦ ହୋଇଗଲା। ଚଣ୍ଡୀପୂଜା, ଗଙ୍ଗାଷ୍ଟକ ବୈଦିକ କର୍ମକାଣ୍ଡ ଇତ୍ୟାଦି ଶିକ୍ଷାକଲେ। ପିତାଙ୍କ ଅନୁପସ୍ଥିତିରେ ଠାକୁରପୂଜା ଭାର ତାଙ୍କ ଉପରେ ପଡିବାରୁ ସେ ଠାକୁରଙ୍କୁ ଖଟୁଳିରୁ ଉଠାଇ ଆଣି ଭାତରେ ମୁହଁମାଡି ଦେଇଥିଲେ। ସେ ଜଣେ ସଂସ୍କାରି ନୀତିବାନ୍ ବ୍ରାହ୍ମଣଟିଏ ହୋଇପାରିଲେ ନାହିଁ। ପଇତା ଛିଣ୍ଡାଇ ଆମିଷ ଭୋଜନ କରୁଥିଲେ। ତେଣୁ ଗାଁଲୋକେ ଗୋଦାବରିଶଙ୍କୁ କଳାପାହାଡ ନାମରେ ଡାକିଲେ। ପିତା ଲିଙ୍ଗରାଜ ମିଶ୍ରଙ୍କ ଅଭିଳାଷ ଥିଲା ପୁଅ ଗୋଟିଏ ଓକିଲ ହେବ। ତେଣୁ ସେ ନିଜର ପୈତୃକ ଜମିରୁ କିଛି ଅଂଶ ବିକ୍ରିକରି ପୁରୀ ଜିଲ୍ଲାସ୍କୁଲରେ ପାଠ ପଢିଲେ। ଅଷ୍ଟମ ଶ୍ରେଣୀ ବାର୍ଷିକ ପରୀକ୍ଷାରେ ଦ୍ୱିତୀୟ ସ୍ଥାନ ରଖି ପାଶ୍ କରିଥିବାରୁ ରାମକୃଷ୍ଣ ବୋଷ ମାସିକ ୫ ଟଙ୍କା ବୃତ୍ତି ପାଇବାର ବ୍ୟବସ୍ଥା କରିଦେଲେ। ଗୋଦାବରୀଶ ଦଶମ ଶ୍ରେଣୀରେ ପଢିଲାବେଳେ ଶଶିଭୂଷଣ ରାୟଚୌଧୁରୀଙ୍କ ସହିତ ପରିଚିତ ହୋଇଥିଲା। ପୁରୀ ବଡଦାଣ୍ଡରେ ବିଦେଶୀ ଲୁଗାପୋଡା ସମୟରେ ଗୋପବନ୍ଧୁଙ୍କ ସହିତ ପ୍ରଥମ ଥର ଦେଖାହେଲା। ସେ ଶଶିଦାଙ୍କ ମାଧ୍ୟମରେ ଗୋପବନ୍ଧୁଙ୍କର ନିକଟତର ହେଲେ। ଗୋପବନ୍ଧୁଙ୍କ ସ୍ୱେଚ୍ଛାସେବକ ବାହିନୀରେ ଗୋଦାବରୀଶ କାର୍ଯ୍ୟକଲେ।

ଗୋଦାବରୀଶଙ୍କ ପିନ୍ଧାଲୁଗା ଥିଲା ମାତ୍ର ଖଣ୍ଡିଏ। ସେ ଲୁଗାଟିକୁ ଛୁଟିଦିନରେ ୫ରକା ଦେଇ ଧୋବାକୁ ସଫାକରିବାକୁ ଦିଅନ୍ତି ଓ ନିଜେ ଲୁଗା ପାଇବା ପର୍ଯ୍ୟନ୍ତ କବାଟକିଳି ଘରେ ରୁହନ୍ତି। ପିତାଙ୍କର ହଇଜାରେ ମୃତ୍ୟୁଖବର ପାଇ ଘରେ ପହଚିଂବା ପର ମୁହୂର୍ତ୍ତରେ ତାଙ୍କ ବୋଉ ମଧ୍ୟ ହଇଜାରେ ଦେହତ୍ୟାଗ କଲେ। ଘରେ ଅନ୍ଧୁଣୀ ବୁଢୀମା' ଓ ଆଠବର୍ଷର ଭଉଣୀଙ୍କୁ ଛାଡି ପୁଣି ଫେରିଗଲେ ପାଠ ପଢିବାକୁ। ରାମକୃଷ୍ଣ ବାବୁଙ୍କ ପାଚଂଟଙ୍କା ବୃତ୍ତିରୁ ଟଙ୍କାଟିଏ ବଳକା କରି ଘରକୁ ପଠାଉଥିଲେ। ୧୯୦୬ ମସିହାରେ ପ୍ରବେଶିକା ପରୀକ୍ଷାରେ ଦ୍ୱିତୀୟ ଶ୍ରେଣୀରେ ପାଶକରି ଦଶଟଙ୍କା ବୃତ୍ତି ପାଇଲେ। ଏହି ବୃତ୍ତି ପଇସାରେ କଲେଜରେ ନାମଲେଖାଇ ଚନ୍ଦ୍ରମୋହନ ବାବୁଙ୍କ ବସାରେ ରହିଲେ ଓ ଖାଇଲେ। ତା' ବଦଳରେ ତାଙ୍କ ଦୁଇ ପୁଅଙ୍କୁ ପାଠ ପଢାଇଲେ।

୧୯୦୭ ମସିହାରେ ଆଳି ଅଚଂଳରେ ବନ୍ୟାବିପନ୍ନମାନଙ୍କୁ ସାହାଯ୍ୟ କାର୍ଯ୍ୟ କରି ଫେରିବାବେଳକୁ ସେ ଜ୍ୱରରେ ଆକ୍ରାନ୍ତ ହେଲେ। ଜ୍ୱର ଭଲ ହେବାର କିଛିଦିନ ଅନ୍ତରରେ ତାଙ୍କର ସାନଭଉଣୀ ଉପଯୁକ୍ତ ପଥ୍ୟ ଓ ଔଷଧ ନ ପାଇ ଅତିକଷ୍ଟରେ ମୃତ୍ୟୁବରଣ କରିଥିଲା। ବାଣପୁର ଅଚଂଳରେ କଲେଜ ପଢୁଆ ଯୁବକ ଭାବରେ 'ଭଗବତୀ ପ୍ରସାଦିନୀ' ସମିତିଟିଏ ଗଠନ କରି ସରକାରୀ ଅଫିସରମାନଙ୍କ ଆଚରଣ ସମ୍ପର୍କରେ ଆଲୋଚନା କରିବାରୁ ତାଙ୍କୁ ମିଛ କାଠଚୋରି ଅଭିଯୋଗରେ ଫସାଇ ଦିଆଗଲା। ଗୋଦାବରୀଶ ଉପରିସ୍ଥ ଅଫିସରମାନଙ୍କୁ ଜଣାଇବାରୁ ତଦନ୍ତ ହେଲା। ତଦନ୍ତ ପରେ ବାଣପୁରର ସବୁ ସରକାରୀ ଅଫିସରମାନଙ୍କୁ ବଦଳି କରାଗଲା। ସେ ପାଉଥିବା ଦଶ ଟଙ୍କା ବୃତ୍ତିର ପାଚଂଟଙ୍କା ତାଙ୍କ ସ୍ତ୍ରୀ ଓ ମା'ଙ୍କ ପାଇଁ ପଠାଉଥିଲେ। ଏଫ୍.ଏ ପାସ୍‌କରି ଗୋଦାବରୀଶ ଦର୍ଶନଶାସ୍ତ୍ରରେ ଅନର୍ସ ନେଇ ପାଠପଢିଲେ। କିନ୍ତୁ ତାଙ୍କୁ ୧୦ ଟଙ୍କା ବୃତ୍ତି ଖର୍ଚ୍ଚ ପାଇଁ ନଖଟ ହେଲା। ଘର ଖର୍ଚ୍ଚ ପାଇଁ ଆଉ ଟଙ୍କା ପଠାଇ ପାରିଲେ ନାହିଁ। କଟକରେ ତରୁଣ ଉତ୍କଳସଂଘ ଗଠନ କରାଗଲା। ଗୋଦାବରୀଶ ତାହାର ସମ୍ପାଦକ ଭାବରେ କାର୍ଯ୍ୟକଲେ।ଏହି ଅନୁଷ୍ଠାନ ତରଫରୁ ଗୋଦାବରୀଶ ସେକସ୍‌ପିୟରଙ୍କର ଏକ ଇଂରେଜୀ ନାଟକରେ ଅଭିନୟ କରୁଥିଲେ। ତାଙ୍କ ଅଭିନୟରେ ଖୁସିହୋଇ ଇଂରେଜୀ ଅଧ୍ୟାପକ ଗୋଦାବରୀଶଙ୍କୁ ଗୃହଶିକ୍ଷକ ଭାବରେ ନିଯୁକ୍ତି ଦେଇଥିଲେ। ବି.ଏ. ପାସ ପରେ ଗୋଦାବରୀଶ ଓକିଲାତି ପଢିବା ଲାଗି ମାସିକ ୩୦ଟଙ୍କିଆ ବୃତ୍ତି ପାଇ କଲିକତାରେ ଓକିଲାତି ପଢିବା ସଙ୍ଗେସଙ୍ଗେ ଏମ୍.ଏ. ପାଠ ପଢିଲେ। ଗୋଦାବରୀଶ ଯେଉଁଦିନ କଲିକତା ପଢିବାକୁ ବାହାରିଥିଲେ, ସେ ଦିନ ରେଲଷ୍ଟେସନରେ ପ୍ରାୟ ପାଚଂହଜାର ଲୋକ ତାଙ୍କୁ ବିଦାୟ ସମ୍ବର୍ଦ୍ଧନା ଦେଇଥିଲେ। କଲିକତାରେ ଶଶିଦା ଓ ନୀଳକଣ୍ଠ ଥିବାରୁ ଗୋଦାବରୀଶଙ୍କର ସେଠାରେ ଚଳିବାରେ କିଛି ଅସୁବିଧା ହେଉନଥିଲା।

ଏମ୍.ଏ.ରେ ତୃତୀୟଶ୍ରେଣୀ ହୋଇଥିବାରୁ ସେ ବହୁତ ମନଦୁଃଖ କରିଥିଲେ। କଲିକତାର ମୂକବଧିର ବିଦ୍ୟାଳୟରେ ସହକାରୀ ପ୍ରଧାନ ଶିକ୍ଷକ ସହିତ ବିଦେଶରେ ଶିକ୍ଷାସୁଯୋଗ ଦଲିଲରେ ଦସ୍ତଖତ କରିବା ପୂର୍ବରୁ ସେ ଗୋପବନ୍ଧୁଙ୍କ ଅନୁମତି ଲୋଡିଥିଲେ। ଦୀର୍ଘ ୩୦୦ ମାଇଲ ଦୂରରୁ ଦୋପବନ୍ଧୁ ଲେଖିଥିଲେ ଗୋଦାବରୀଶ ତମେ କଲିକତା ମୂକ ବଧିର ବିଦ୍ୟାଳୟରେ ଶିକ୍ଷକହେବାକୁ ଯାଉଛ। ଏଣେ ଓଡିଶାର ଲକ୍ଷ ଲକ୍ଷ ମୂକ ବଧିରଙ୍କ କଥା କଣ ଭୁଲିଗଲ। ତାଙ୍କର ଦଲିଲରେ ଦସ୍ତଖତ କରିବା ସେତିକରେ ରହିଗଲା। ଆଇନ ପାଠ ଶେଷକରି ପଣ୍ଡିତ ଗୋପବନ୍ଧୁଙ୍କର ଆହ୍ୱାନରେ ଗୋଦାବରୀଶ ସେ ସମୟର ସାମାଜିକ ଆବଶ୍ୟକତାକୁ ଲକ୍ଷ୍ୟକରି ସିଧା ଆସି ସତ୍ୟବାଦୀ ବନବିଦ୍ୟାଳୟରେ ୧୯୧୩ ମସିହାରେ ଯୋଗ ଦେଇଥିଲେ। ସେଠାରେ ସେ ୩୦ ଟଙ୍କା ବେତନ ପାଇଲେ। ତିନିବର୍ଷ ଶିକ୍ଷକତା ପରେ ସେ କଲିକତା ଆସି ଶିକ୍ଷକ ଟ୍ରେନିଂ ନେଲେ। ସେଠାରେ 'ପୁରୁଷୋତମ' ନାଟକ ରଚନାକରି ପ୍ରକାଶ କରିଥିଲେ। ସେ ଖଣ୍ଡିଏ ଇଂରେଜୀ କବିତାବହି ସଂକଳନ କରିଥିଲେ।

ମଧୁବାବୁ ଓ ଗୋପବନ୍ଧୁ ଦାସଙ୍କ ନେତୃତ୍ୱରେ ସ୍ୱତନ୍ତ୍ର ଓଡିଶା ପ୍ରଦେଶ ଗଠନ ପାଇଁ ଉଦ୍ୟମ ଚାଲିଥିଲା। ଏହି କାର୍ଯ୍ୟରେ



ଗୋଦାବରୀଶ କାମକରିବା ପାଇଁ ୧୯୧୯ ମସିହାରେ ଆଗେଇ ଆସି ସିଂହଭୂମିରେ ଥିବା ଲୋକଙ୍କ ମଧ୍ୟରେ ଓଡିଆ ପ୍ରୀତି ଓ ଜାତୀୟତାବାଦ ଜନ୍ମାଇଥିଲେ। ଓଡିଆଭାଷା ଓ ଶିକ୍ଷାର ପ୍ରସାର ପାଇଁ ଚକ୍ରଧରପୁରରେ ଏକ ଓଡିଆ ହାଇସ୍କୁଲ ଗୋଦାବରୀଶ ଆରମ୍ଭ କରିଥିଲେ। ସିଂହଭୂମି କାର୍ଯ୍ୟଛାଡି ଗୋଦାବରୀଶ ଜନ୍ମସ୍ଥାନ ବାଣପୁରକୁ ଚାଲିଆସିଲେ। ସେଠାରେ ଶିଳ୍ପର ଉନ୍ନତି ପାଇଁ ଭୁବନାନନ୍ଦ ଦାସ, ମଜୁମଦାର ଓ ଗୋଦାବରିଶ ମିଶି ଏକ 'ଜାତୀୟଶିଳ୍ପ ସଦନ' ନାମରେ ଅନୁଷ୍ଠାନ ଗଠନ କରିଥିଲେ। ଗୋଦାବରୀଶ ସହକାରୀ ରେଜିଷ୍ଟ୍ରାର ହରିଦାସ ରାୟଙ୍କ ସହାୟତାରେ ଦୁଇଟି ସମବାୟ ସମିତି ଓ ଗୋଟିଏ ସମବାୟ ବ୍ୟାଙ୍କ ବାଣପୁରଠାରେ ଆରମ୍ଭ କରିଥିଲେ।

ଗୋଦାବରୀଶ ୧୯୪୧ ମସିହାରୁ ୧୯୪୪ ମସିହା ପର୍ଯ୍ୟନ୍ତ ପାରଳା ମହାରାଜାଙ୍କ ମନ୍ତ୍ରୀମଣ୍ଡଳରେ ମନ୍ତ୍ରୀ ଥିଲେ। ପାରଳା ମହାରାଜା ଓ ଗୋଦାବରୀଶଙ୍କ ପ୍ରଚେଷ୍ଟାରେ ଓଡିଶାରେ ଉତ୍କଳ ବିଶ୍ୱବିଦ୍ୟାଳୟ ୧୯୪୩ ମସିହା ନଭେମ୍ବର ୨୭ ତାରିଖରେ ସ୍ଥାପନ ହୋଇଥିଲା। ୧୯୫୨ ମସିହାରେ ବାଣପୁରର କୃଷ୍ଣପ୍ରସାଦ ନିର୍ବାଚନ ମଣ୍ଡଳୀରୁ ଗୋଦାବରୀଶ ନିର୍ବାଚିତ ହୋଇ ଓଡିଶା ବିଧାନସଭାର ସଭ୍ୟ ହେଲେ। ସେ ଥିଲେ ଜଣେ ସମାଜସଂସ୍କାରକ ଓ ସୁସାହିତ୍ୟିକ। ଗୋଦାବରୀଶ ତାଙ୍କ ଜୀବନକାଳରେ ଗୁଡିଏ ଉପାଦେୟ ପୁସ୍ତକ ରଚନା କରିଥିଲେ। ତାଙ୍କର 'କାଳିଜାଇ' କବିତା ବେଶ୍ ଲୋକପ୍ରିୟ। ସେ କିଛିଦିନ 'ସମାଜ'ର ସମ୍ପାଦକ୍ ଥିଲେ। ବିହାର ଓଡିଶା କାଉନସିଲ୍‌ର ସଭ୍ୟ ହୋଇଥିଲେ।

ଗୋଦାବରୀଶ ବ୍ରିଟିଶ ସରକାରଙ୍କର ବିରୁଦ୍ଧାଚରଣ କରି ୭ ଥର ଜେଲଦଣ୍ଡ ଭୋଗିଥିଲେ। ସର୍ବମୋଟ ୧୧ ବର୍ଷ ସେ ଜେଲଦଣ୍ଡରେ ଦଣ୍ଡିତ ହୋଇଥିଲେ। ୧୯୫୬ ମସିହା ଜୁଲାଇ ୨୬ ତାରିଖରେ ହଠାତ୍ ଇହଧାମ ତ୍ୟାଗକରି ସେ ଚାଲିଗଲେ ଅମରପୁରକୁ । ଓଡିଆମାଟି, ଓଡିଆଭାଷା ଓ ଓଡିଆଲୋକଙ୍କୁ ଆଲୋକ ଦେଖାଇ ନିଜେ ଲିଭି ଯାଇଥିଲେ। ଓଡିଆମାଟି ହରାଇଥିଲା ଏକ ମହାନ ପଣ୍ଡିତ, ଶିକ୍ଷାବିତ, କବି ଓ ଲେଖକ।

*-ପାରାଦ୍ୱୀପଗଡ, କୁଜଙ୍ଗ, ଜଗତସିଂହପୁର, ମୋ- ୯୯୩୭୬୯୧୪୭୫*




## କେନ୍ଦ୍ରାପଡା ସ୍ୱୟଂ ଶାସିତ ମହାବିଦ୍ୟାଳୟର +୩ ପରୀକ୍ଷା ଫଳ ପ୍ରକାଶିତ

# ପାସହାର ୯୬.୪ପ୍ରତିଶତ, ବିନୋଦ କୁମାର ଜେନା କଲେଜ ଟପ୍ପର

କେନ୍ଦ୍ରାପଡା, (ପିଏନ)- କେନ୍ଦ୍ରାପଡା ସ୍ୱୟଂ ଶାସିତ ମହାବିଦ୍ୟାଳୟର +୩ ପରୀକ୍ଷା ଫଳ ମଙ୍ଗଳବାର ପ୍ରକାଶ ପାଇଛି । ଏଥିରେ +୩ ବିଜ୍ଞାନ ବିଭାଗ ପଦାର୍ଥ ବିଜ୍ଞାନ ସମ୍ମାନ ଛାତ୍ର ବିନୋଦ କୁମାର ଜେନା କଲେଜ ଟପ୍ପର ହୋଇଥିବା ଜଣାପଡିଛି । ସେହିପରି କଳା ବିଭାଗର ଶିକ୍ଷା ସମ୍ମାନର ଛାତ୍ରୀ ଅସୀମା ପାତ୍ର କଳା ବିଭାଗରେ ଟପ୍ପର ହୋଇଥିବା ବେଳେ ବାଣିଜ୍ୟ ବିଭାଗ ସମ୍ମାନର ଛାତ୍ର ସୁଧାଂଶୁ ଶେଖର ବରାଳ ବାଣିଜ୍ୟ ବିଭାଗର ଟପ୍ପର ହୋଇଛନ୍ତି । ବିଜ୍ଞାନ ବିଭାଗର ଛାତ୍ର ବିନୋଦ ୯୧.୬ ପ୍ରତିଶତ ମାର୍କ ରଖିଥିବା ବେଳେ କଳା ବିଭାଗର ଛାତ୍ରୀ ଅସୀମା ୮୩.୬ ପ୍ରତିଶତ ଓ ବାଣିଜ୍ୟ ବିଭାଗ ଛାତ୍ର ସୁଧାଂଶୁ ୮୦.୮ ପ୍ରତିଶତ ମାର୍କ ରଖିଛନ୍ତି । ଏହି ୩ଜଣ ଛାତ୍ରଛାତ୍ରୀଙ୍କୁ ଏକ ନିରାଡମ୍ବର ଉତ୍ସବରେ କଲେଜ ଅଧ୍ୟକ୍ଷ ପ୍ରଫେସର ଡଃ.ରାଜେନ୍ଦ୍ର ପ୍ରସାଦ ତ୍ରିପାଠୀ ପୁଷ୍ପଗୁଚ୍ଛ ପ୍ରଦାନ କରି ସମ୍ବର୍ଦ୍ଧିତ କରିଛନ୍ତି ।କେନ୍ଦ୍ରାପଡା ସ୍ୱୟଂ ଶାସିତ ମହାବିଦ୍ୟାଳୟର ଚଳିତ ବର୍ଷ କଳାରେ ୯୮ପ୍ରତିଶତ,ବାଣିଜ୍ୟରେ ୯୭ପ୍ରତିଶତ ଓ ବିଜ୍ଞାନରେ ୯୫ପ୍ରତିଶତ ଛାତ୍ରଛାତ୍ରୀ ଉତ୍ତିର୍ଣ୍ଣ ହୋଇଛନ୍ତି । କଳାରେ ୨୬୬ଜଣ ଛାତ୍ରଛାତ୍ରୀ ପଞ୍ଜିକୃତ ହୋଇଥିବା ବେଳେ ୨୨୫ଜଣ ପରୀକ୍ଷା




ଦେଇଥିଲେ । ୪୧ଜଣ ପରୀକ୍ଷା ଦେଇନଥିବା ବେଳେ ପ୍ରଥମଶ୍ରେଣୀ ଡିଷ୍ଟିନସନରେ ୧୪୬ଜଣ, ପ୍ରଥମଶ୍ରେଣୀରେ ୪୮ଜଣ ଓ ଦ୍ୱିତୀୟ ଶ୍ରେଣୀରେ ୨୪ଜଣ ପାସ କରିଥିବା ବେଳେ ମୋଟ ୨୧୮ଜଣ ପାସ କରିଛନ୍ତି ଓ ୭ଜଣ ଫେଲ ହୋଇଛନ୍ତି । ସେଥିମଧ୍ୟରୁ ୪୪ଜଣ ଛାତ୍ର ଥିବା ବେଳେ ୧୭୪ଜଣ ଛାତ୍ରୀ ଅଛନ୍ତି । ବିଜ୍ଞାନ ବିଭାଗରେ ୨୬୪ଜଣ ପଞ୍ଜିକୃତ ହୋଇଥିବା ବେଳେ ୨୩୯ଜଣ ପରୀକ୍ଷା ଦେଇଥିଲେ । ୨୫ଜଣ ପରୀକ୍ଷା ଦେଇନଥିବା ବେଳେ ପ୍ରଥମଶ୍ରେଣୀ ଡିଷ୍ଟିନସନରେ ୧୫୫ଜଣ, ପ୍ରଥମଶ୍ରେଣୀରେ ୭୦ଜଣ ଓ ଦ୍ୱିତୀୟ ଶ୍ରେଣୀରେ ୪ଜଣ ପାସ କରିଥିବା ବେଳେ ମୋଟ ୨୨୯ଜଣ ପାସ କରିଛନ୍ତି ଓ ୧୦ଜଣ ଫେଲ ହୋଇଛନ୍ତି । ସେଥିମଧ୍ୟରୁ ୧୨୫ଜଣ ଛାତ୍ର ଥିବା ବେଳେ ୧୦୪ଜଣ ଛାତ୍ରୀ ଅଛନ୍ତି । ସେହିଭଳି ବାଣିଜ୍ୟ ବିଭାଗରେ ୨୬୧ଜଣ ପଞ୍ଜିକୃତ ହୋଇଥିବା ବେଳେ ୨୪୩ଜଣ ପରୀକ୍ଷା ଦେଇଥିଲେ । ୧୮ଜଣ ପରୀକ୍ଷା ଦେଇନଥିବା ବେଳେ ପ୍ରଥମଶ୍ରେଣୀ ଡିଷ୍ଟିନସନରେ ୧୨୩ଜଣ, ପ୍ରଥମଶ୍ରେଣୀରେ ୩୪ଜଣ ଓ ଦ୍ୱିତୀୟ ଶ୍ରେଣୀରେ ୭୮ଜଣ ପାସ କରିଥିବା ବେଳେ ମୋଟ ୨୩୫ଜଣ ପାସ କରିଛନ୍ତି ଓ ୭ଜଣ ଫେଲ ହୋଇଛନ୍ତି । ସେଥିମଧ୍ୟରୁ ୧୯୬ଜଣ ଛାତ୍ର ଥିବା ବେଳେ ୩୯ଜଣ ଛାତ୍ରୀ ଅଛନ୍ତି । କଲେଜର ମୋଟ ୭୯୧ଜଣ ଛାତ୍ରଛାତ୍ରୀ ପଞ୍ଜିକୃତ ହୋଇଥିବା ବେଳେ ମୋଟ ୭୦୭ଜଣ ଛାତ୍ରଛାତ୍ରୀ ପରୀକ୍ଷା ଦେଇଥିଲେ ଓ ୬୮୨ଜଣ ଛାତ୍ରଛାତ୍ରୀ ପାସ କରିଛନ୍ତି । କଲେଜର ପାସହାର ୯୬.୪ ପ୍ରତିଶତ ହୋଇଥିବା ବେଳେ ସେଥିମଧ୍ୟରୁ ୩୬୫ଜଣ ଛାତ୍ର ଥିବା ବେଳେ ୩୧୭ଜଣ ଛାତ୍ରୀ ଅଛନ୍ତି । ଏହି ପରୀକ୍ଷା ଫଳ ପୁସ୍ତିକା ଉନ୍ମୋଚନ ଓ ସମ୍ବର୍ଦ୍ଧନା ଉତ୍ସବରେ କଲେଜ ଅଧ୍ୟକ୍ଷ ଡଃ.ତ୍ରିପାଠୀଙ୍କ ସମେତ ପରୀକ୍ଷା ନିୟନ୍ତ୍ରକ ପ୍ରାଧ୍ୟାପକ ରାମଚନ୍ଦ୍ର ପାତ୍ର, ସହକାରୀ ପରୀକ୍ଷା ନିୟନ୍ତ୍ରକ ଅଧ୍ୟାପକ ମନୋଜ କୁମାର ମିଶ୍ର, ବିଶ୍ୱରଞ୍ଜନ ପୁହାଣ, ରମାନାଥ ମହାନ୍ତି, କଲେଜ ଅର୍ଥନୀତି ବିଭାଗ ମୁଖ୍ୟ ପ୍ରାଧ୍ୟାପିକା ଅନ୍ନପୂର୍ଣ୍ଣା ସୁଆର, ସେକ ସାହାବୁଦ୍ଦିନ, ଅଧ୍ୟାପକ ରଞ୍ଜିତ କୁମାର ଦାସ, ଅଶୋକ କୁମାର ଦାସ ଓ ଗୌରପ୍ରସାଦ ଷଡଙ୍ଗୀ ପ୍ରମୁଖ ଉପସ୍ଥିତ ଥିଲେ ।

# କଳା କୃଷି ଆଇନ୍ ପ୍ରତ୍ୟାହାର ଦାବିରେ ନୂଆଗାଁ ବ୍ଲକ୍ କାର୍ଯ୍ୟାଳୟ ସମ୍ମୁଖରେ କଂଗ୍ରେସର ଧାରଣା ଓ ବିକ୍ଷୋଭ

ରାଉରକେଲା, (ପିଏନ) : କେନ୍ଦ୍ର ସରକାରଙ୍କ କଳା କୃଷି ଆଇନ୍ ପ୍ରତ୍ୟାହାର ଦାବିରେ କୋଇଡା ବ୍ଲକ୍ କଂଗ୍ରେସ ତରଫରୁ ଆଜି ଏକ ଧାରଣା ଓ ବିକ୍ଷୋଭ କାର୍ଯ୍ୟକ୍ରମ ନୂଆଗାଁ ବ୍ଲକ୍ କଂଗ୍ରେସର ପୂର୍ବତନ ଜୋନ ସଭାପତି ଅନୀଲ ଏକ୍କା, ନୂଆଗାଁ କୃଷକ କଂଗ୍ରେସ ସଭାପତି ପ୍ରକାଶ ସାହୁ ଓ କଂଗ୍ରେସ ନେତା ସୁଲେମାନ କାଉଡିଆଙ୍କ ନେତୃତ୍ୱରେ ବ୍ଲକ୍ କାର୍ଯ୍ୟାଳୟ ସମ୍ମୁଖରେ ଅନୁଷ୍ଠିତ ହୋଇଯାଇଛି । ଏଥିରେ କୃଷକ ଆନ୍ଦୋଳନ ସ୍ୱତନ୍ତ୍ର କମିଟିର ଜିଲ୍ଲା ଅଧ୍ୟକ୍ଷ ତଥା ନବନିଯୁକ୍ତ ରାଉରକେଲା ଜିଲ୍ଲା କଂଗ୍ରେସ ସଭାପତି ଜର୍ଜ ତିର୍କୀ ମୁଖ୍ୟ ଅତିଥି ଭାବେ ଯୋଗଦାନ କରି କେନ୍ଦ୍ରର ପ୍ରଣୀତ କୃଷି ଆଇନ୍ ଦେଶର କୃଷି ଓ କୃଷକ ବିରୋଧି ଆଇନ୍ ବୋଲି କହିଥିଲେ । ଏହି ଆଇନ୍ ଦ୍ୱାରା ମଣ୍ଡି ଓ ଲ୍ୟାମ୍ପସ୍ ବ୍ୟବସ୍ଥା ଉଚ୍ଛେଦ ହେବା ସହିତ ଚାଷୀମାନଙ୍କୁ ସେମାନଙ୍କ ଫସଲର ସହାୟକ ମୂଲ୍ୟ ପ୍ରଦାନ ବ୍ୟବସ୍ଥା ଉଚ୍ଛେଦ ହୋଇଯିବ । ନୂଆ




କୃଷି ନୀତିରେ କେନ୍ଦ୍ର ସରକାର କୃଷକମାନଙ୍କ ନିକଟରେ ପୁଞ୍ଜିପତି କର୍ପୋରେଟ୍ ସେକ୍ଟରର ଏଜେଣ୍ଟମାନଙ୍କୁ ପହଞ୍ଚିବାର ବ୍ୟବସ୍ଥା କରିଥିବାରୁ ଆଗାମୀ ଦିନରେ କ୍ଷୁଦ୍ର ଓ ନାମମାତ୍ର ତଥା ଭାଗଚାଷୀଙ୍କ ଜମି ଉପରେ କର୍ପୋରେଟ୍ ସେକ୍ଟରର ପୁଞ୍ଜିପତିମାନଙ୍କ ନିୟନ୍ତ୍ରଣ ରହିବ ବୋଲି ଶ୍ରୀ ତିର୍କୀ କହିଥିଲେ । ନୂଆ କୃଷି ନୀତିରେ ସରକାର କିମ୍ବା ସରକାରୀ ସଂସ୍ଥା କୃଷକମାନଙ୍କ ଠାରୁ ସେମାନଙ୍କ ଉତ୍ପାଦିତ ଫସଲ କିଣିବା ପାଇଁ କୌଣସି ପ୍ରାବଧାନ ରଖିନାହାଁନ୍ତି । ଫଳରେ ଆଗାମୀ ଦିନରେ ଭାରତୀୟ ଖାଦ୍ୟ ନିଗମ କର୍ତ୍ତୃପକ୍ଷ କୋଟି କୋଟି ଚାଷୀଙ୍କ ନିକଟରେ ସିଧାସଳଖ ପହ? ସେମାନଙ୍କ ଠାରୁ ଫସଲ କିଣିବା ଆଦୌ ସମ୍ଭବ ହେବନାହିଁ । ସରକାରୀ ସଂସ୍ଥା ଚାଷୀଙ୍କ ଠାରୁ ଖାଦ୍ୟ ଶସ୍ୟ ନ କିଣିଲେ ସାଧାରଣ ବ?ନ ବ୍ୟବସ୍ଥା ପ୍ରଭାବିତ ହେବ । ଏହାହେଲେ ଗରିବ ଲୋକମାନଙ୍କୁ କିପରି ସୁଲଭ ମୂଲ୍ୟରେ ସରକାର ଖାଦ୍ୟଶସ୍ୟ ଯୋଗାଇ ଦେବେ ବୋଲି ଶ୍ରୀ ତିର୍କୀ ପ୍ରଶ୍ନ କରିଥିଲେ । ତେଣୁ କେନ୍ଦ୍ର ସରକାରଙ୍କ ଏହି କଳା କୃଷି ଆଇନ୍‌କୁ ତୁରନ୍ତ ପ୍ରତ୍ୟାହାର କରି ଭବିଷ୍ୟରେ ପ୍ରଭାବିତ ହେବାକୁ ଥିବା ସାଧାରଣ ବଣ୍ଟନ ବ୍ୟବସ୍ଥାକୁ ସୁନିଶ୍ଚିତ କରନ୍ତୁ ବୋଲି ଦଳ ପକ୍ଷରୁ ଦାବି କରାଯାଇଥିଲା । ଏହି ବିକ୍ଷୋଭ କାର୍ଯ୍ୟକ୍ରମରେ ବୀରମିତ୍ରପୁର କଂଗ୍ରେସ ପ୍ରାର୍ଥୀ ରୋହିତ ଯୋଶେଫ ତିର୍କୀ ସମ୍ମାନିତ ଅତିଥି ଭାବେ ଯୋଗଦାନ କରି କେନ୍ଦ୍ର ସରକାରଙ୍କ ନୂଆ କୃଷି ଆଇନ୍ ଦେଶରେ ଖାଦ୍ୟଶସ୍ୟର ନିଅ?ଆ ପରିସ୍ଥିତି ସୃଷ୍ଟି କରିବା ସହ ଦରଦାମ୍ ବୃଦ୍ଧିରେ ପ୍ରମୁଖ ଭୂମିକା ଗ୍ରହଣ କରିବ ବୋଲି କହିଥିଲେ । କାରଣ କର୍ପୋରେଟ୍ ସେକ୍ଟରର ଏଜେ?ମାନେ ଚାଷୀଙ୍କ ଠାରୁ ଅମଳ ସମୟରେ କମ୍ ମୂଲ୍ୟରେ ଖାଦ୍ୟଶସ୍ୟ କିଣି ଏହାକୁ ଗଚ୍ଛିତ ରଖିବା ଦ୍ୱାରା ବଜାରରେ ନିଅଣ୍ଟିଆ ପରିସ୍ଥିତି ସୃଷ୍ଟି ହେବ । ଏଭଳି ପରିସ୍ଥିତିରେ ସେମାନେ ଏହାର ଫାଇଦା ଉଠାଇ ଗଚ୍ଛିତ ଖାଦ୍ୟଶସ୍ୟକୁ ଚଢା ଦରରେ ବିକ୍ରି କରିବାର ପଥ ସୁଗମ ହେବ ବୋଲି କହିଥିଲେ । ଫଳରେ ସବୁଶ୍ରେଣୀର ଲୋକେ ସାଂଘାତିକ ଭାବେ କ୍ଷତିଗ୍ରସ୍ତ ହେବେ । ତେଣୁ ସ୍ୱେଚ୍ଛାଚାରୀ ମୋଦି ସରକାରର ଏହି କଳା କୃଷି ଆଇନ୍‌କୁ ସମସ୍ତେ ମିଳିମିଶି ଦୃଢ ବିରୋଧ କରିବାର ଆବଶ୍ୟକତା ରହିଛି ବୋଲି କର୍ମୀମାନଙ୍କୁ ଆହ୍ୱାନ ଦେଇଥିଲେ । ଏହି ଅବସରରେ ନୂଆଗାଁ ବ୍ଲକ୍ ଗୋଷ୍ଠୀ ଉନ୍ନୟନ ଅଧିକାରୀଙ୍କ ଜରିଆରେ କୃଷି ଆଇନ୍ ପ୍ରତ୍ୟାହାର ଦାବିରେ ମହାମହିମ ରାଷ୍ଟ୍ରପତିଙ୍କ ଉଦ୍ଦେଶ୍ୟରେ ଏକ ସ୍ମାରକପତ୍ର ଜ୍ଞାପନ କରାଯାଇଥିଲା । ଏହି କାର୍ଯ୍ୟକ୍ରମରେ ଶ୍ରୀ ତିର୍କୀଙ୍କ ସମେତ ବୀରମିତ୍ରପୁର କଂଗ୍ରେସ ନେତା ରୋହିତ ଯୋଶେଫ ତିର୍କୀ, ରାଉରକେଲା ଓବିସି ଅଧ୍ୟକ୍ଷ କୈଳାସ ସାହୁ, ପ୍ରକାଶ ସାହୁ, ସୁଲେମାନ କାଉଡିଆ, ଅନୀଲ କେର୍କେଟା, ସୁକ୍ରୁ ଅହିର, ଅନୀଲ ଏକ୍କା, ସୋମରା ତିର୍କୀ, ଶରତ ବେହେରା, ଆନନ୍ଦମାସି ଜଦିଆ, ବାସିଲ ଯୋଯୋ, ଟୁନୁର ଟପ୍ପୋ, ସୁରଜ ସାହୁ, ଜୁଏଲ କାଣ୍ଡୁଲନା, ରାମୁ ବଡାଇକ, ନିକୁ କେଶରୀ, ବେଲା ଓରାମ, ବୁତରୁ ଓରାମ, କିଶୋର କୁମାର ଏକ୍କା, ଅଜିତ ବୁଡ, ଅଗୁଷ୍ଟିନ କାଣ୍ଡୁଲନା, ଅନୀଲ ଖଣ୍ଡୁଆଳ, ଜୁଏଲ ଭେଙ୍ଗରା, ସୁରଜ ତିର୍କୀ, ଧିରଜ ତିର୍କୀ, ପ୍ରକାଶ ତିର୍କୀ, ସୁଜିତ କୁଜୁର, ସଂଯୁକ୍ତା ଲାକ୍ରା, ସସ୍ମିତା ମୁଣ୍ଡା, ସହାୟ କେର୍କେଟା, ରାଧେ ପ୍ରଧାନ, ପ୍ରମିଳା ମୁଣ୍ଡା, ମଙ୍ଗଳ ଟପ୍ପୋ, କୋଣ୍ଡା କୁମ୍ଭାର, ଜୁନୁଲ ଖାଡିଆ, ଏଚ୍. ସୁରିନ ପ୍ରମୁଖଙ୍କ ସମେତ ଶତାଧିକ କଂଗ୍ରେସ କର୍ମୀ ଓ ସମର୍ଥକ ସାମିଲ୍ ଥିଲେ ।

# ଗୁଣାତ୍ମକ ଶିକ୍ଷା ପ୍ରଣାଳୀର ପୁନରୁଦ୍ଧାର ପ୍ରୟୋଜନ : ସୂର୍ଯ୍ୟ ପାତ୍ର

ଭୁବନେଶ୍ୱର(ପିଏନ)- ଭାରତ ବର୍ଷର ପ୍ରାଚୀନ ଗୁରୁକୁଳ ଶିକ୍ଷା ପରମ୍ପରା ଖୁବ ମହାନ ଓ ମହିମାମୟ ଥିଲା ବୋଲି ଓଡିଶା ବିଧାନ ସଭା ର ବାଚସ୍ପତି ଡ଼. ସୂର୍ଯ୍ୟନାରାୟଣ ପାତ୍ର ମତ ପ୍ରକାଶ କରିଛନ୍ତି । ଏହି ଗୁଣାତ୍ମକ ଏବଂ ଗୌରବାନ୍ୱିତ ଶିକ୍ଷା ପଦ୍ଧତି ର ପୁନରୁଦ୍ଧାର ସାମ୍ପ୍ରତିକ ଯୁଗରେ ଖୁବ ପ୍ରାସଙ୍ଗିକ ଓ ବାସ୍ତବିକ ବୋଧ ହେଉଥିବା ଡ଼.ପାତ୍ର ସୂଚାଇଛନ୍ତି । ଭୁବନେଶ୍ୱରର ନୂଆପଲ୍ଲୀ ଠାରେ ଏସାର ସିଷ୍ଟମ୍ସ ଏବଂ ଗୁରୁକୁଳ ଅନଲାଇନ ଶିକ୍ଷା ବ୍ୟବସ୍ଥାର ଭାରତ କାର୍ଯ୍ୟାଳୟ ଓ ଆନ୍ତର୍ଜାତିକ ମୁଖ୍ୟାଳୟ ର ଭରଚୁଆଲ ଶୁଭ ଉଦଘାଟନ କରି ଡ଼.ପାତ୍ର ବର୍ତ୍ତମାନ ପ୍ରଚଳିତ ଶିକ୍ଷା ପ୍ରଣାଳୀର ନୈତିକ ,ବୈଷୟିକ ,ପ୍ରଯୁକ୍ତିଗତ ଓ ବ୍ୟବହାରିକ ମାନ ବୃଦ୍ଧି କରିବାରେ ଏସାର -ଗୁରୁକୁଳ ନିଶ୍ଚିତ ଭାବେ ସକ୍ଷମ ହେବ ବୋଲି ଆଶା ପ୍ରକାଶ କରିଥିଲେ ।

ଉଦଘାଟନୀ ଉତ୍ସବରେ ସମ୍ମାନୀତ ଅତିଥି ଭାବରେ ଯୋଗଦେଇ ରାଜ୍ୟ ସରକାରଙ୍କର ଇଲେକ୍ଟ୍ରୋନିକ୍ସ , ପ୍ରଯୁକ୍ତି ବିଦ୍ୟା , କ୍ରୀଡା ,ଯୁବସେବା ମନ୍ତ୍ରୀ ତୁଷାରକାନ୍ତି ବେହେରା, ଫିତା କାଟି ଗୃହ ପ୍ରବେଶ କାର୍ଯ୍ୟ ସମ୍ପନ୍ନ କରିଥିଲେ । ଏହି ଅବସରରେ ଆୟୋଜିତ ଏକ ଆନ୍ତର୍ଜାତୀକ ୱେବିନାରକୁ ସମ୍ବୋଧନ କରି ଶ୍ରୀ ବେହେରା ସାରା ବିଶ୍ୱରେ ଓଡ଼ିଆ ଭାଷା ର ପ୍ରଚାର , ପ୍ରସାର ଏବଂ ଏହାକୁ ଲୋକପ୍ରିୟ କରିବା ପାଇଁ ଏସାର - ଗୁରୁକୁଳ ଯେପରି ମାଗଣା ଅନ ଲାଇନ ଶିକ୍ଷା ପ୍ରଦାନର ପ୍ରକ୍ରିୟା ପ୍ରାରମ୍ଭ କରିବାକୁ ଯାଉଛି , ତାର ଭ?ୟସୀ ପ୍ରସଂଶା କରିଥିଲେ । ଆଜି ଇ -ଶିକ୍ଷା ଏବଂ ୫ ଜି ଟେକ୍ନୋଲୋଜିକୁ ଆପଣେଇବା ସମୟୋଚିତ ହେବ ବୋଲି ମନ୍ତ୍ରୀ କହିଥିଲେ ।ସମାରୋହରେ ବିଶିଷ୍ଟ ଅତିଥି ଭାବରେ ସାମିଲ ହୋଇ ପୂର୍ବତନ ମନ୍ତ୍ରୀ ଅମର ଶତପଥୀ , ଆମର ଶିକ୍ଷା ବ୍ୟବସ୍ଥା ସମ୍ପୂର୍ଣ ମାତ୍ରାରେ ପ୍ରଯୁକ୍ତି ବିଦ୍ୟାର କ୍ରୀତଦାସ ନ ସାଜି ସ୍ୱୟଂସମୃଦ୍ଧ ଓ ସୃଜନଶୀଳଯୁକ୍ତ ହେବା ଆବଶ୍ୟକ ବୋଲି ପରାମର୍ଶ ଦେଇଥିଲେ । ଅସ୍କାର ବିଧାୟିକା ମଞ୍ଜୁଳା ସ୍ୱାଇଁ ,ଏସାର - ଗୁରୁକୁଳ ଦ୍ୱାରା ସାରା ପୃଥିବୀରେ ଓଡ଼ିଆ ଶିକ୍ଷାକୁ ପରିବ୍ୟାପ୍ତ କରିବାର ପ୍ରୟାସକୁ ସ୍ୱାଗତ ଜଣାଇଥିଲେ ।

ଆନ୍ତର୍ଜାତିକ ଶୋଭନୀୟ ଆନ୍ଦୋଳନର ମୁଖ୍ୟ ଗୁରୁମା ଡ଼. ଅରୁନ୍ଧତି ଦେବୀ , ବିଦେଶରେ ଲୁପ୍ତ ପ୍ରାୟ ହେବାକୁ ଯାଉଥିବା ଓଡ଼ିଆ ଭାଷା କୁ ପୁନରୁଦ୍ଧାର କରିବା ଏବଂ ବର୍ତ୍ତମାନ ତଥା ଭବିଷ୍ୟତ ପିଢୀକୁ ଏହାର ଉପାଦେୟତା ପ୍ରତି ସଚେତନ କରାଇବା ଓ ଏଥିପ୍ରତି ଆକୃଷ୍ଟ କରିବା ଦିଗରେ ଏସାର - ଗୁରୁକୁଳ ନିଶ୍ଚିତ ଭାବରେ ନିର୍ଣ୍ଣାୟକ ଭୂମିକା ଗ୍ରହଣ କରିବ ବୋଲି ଭରସା ପ୍ରକଟ କରିଥିଲେ । ମାନବିକତା ଧର୍ମୀ ଶିକ୍ଷା ପାଇଁ ଉଦ୍ଦିଷ୍ଟ ଗୁରୁକୁଳ, ବିଦ୍ୟାର୍ଥୀର ଜୀବନ ଓ ମାନସିକତା ନିର୍ମାଣ କରିବ ବୋଲି ଡ଼.ଦେବୀ ଉଲ୍ଲେଖ କରିଥିଲେ । ପ୍ରବାସରେ ଓଡ଼ିଆ ପାଠ୍ୟକ୍ରମ ଶିକ୍ଷାଲାଭ କରୁଥିବା ଛାତ୍ର ଛାତ୍ରୀମାନଙ୍କୁ ଅନଲାଇନ ପରୀକ୍ଷା ଦେବାର ସୁଯୋଗ ପ୍ରଦାନ କରିବାକୁ ଚେନ୍ନାଇ ସ୍ଥିତ ପ୍ରବାସୀ ଓଡ଼ିଆ ସାଂସ୍କୃତିକ ସମାଜର ସଭାପତି ଶାନ୍ତନୁ କୁମାର ଜେନା, ରାଜ୍ୟ ସରକାରଙ୍କର ଦୃଷ୍ଟି ଆକର୍ଷଣ କରିଥିଲେ । ଅନଲାଇନ ଯୋଗେ ନୂଆକରି ଯୁଗୋପଯୋଗୀ ଗୁରୁଶିଷ୍ୟ ପରମ୍ପରାର ପୁନରୁଦ୍ଧାର, ସମୟର ଆହ୍ୱାନ ବୋଲି ନୂଆଦିଲ୍ଲୀ ସ୍ଥିତ ଡ଼. ଆମ୍ବେଦକର ଫାଉଣ୍ଡେସନ ର ନିର୍ଦ୍ଦେଶକ ଡ଼. ଦେବେନ୍ଦ୍ର ମାଝୀ ଦର୍ଶାଇଥିଲେ ।

ସ୍ୱାଗତ ଭାଷଣ ପ୍ରଦାନ କରି ଉତ୍ସବର ସହ ଆୟୋଜକ ବରିଷ୍ଠ ସାମ୍ବାଦିକ ତଥା ବନ୍ଦେ ଉତ୍କଳ ଫାଉଣ୍ଡେସନ ର ପ୍ରତିଷ୍ଠାତା ଅଧକ୍ଷ କିଶୋର ଦ୍ୱିବେଦୀ , ଏସାର - ଗୁରୁକୁଳ ପାରମ୍ପରିକ ଶିକ୍ଷା ପ୍ରଦାନ ଓ ଗ୍ରହଣ କ୍ଷେତ୍ରରେ ଏକ ବୈପ୍ଳବିକ ପରିବର୍ତ୍ତନ ଆଣିବା ପାଇଁ ଯାଉଥିବା ସୂଚାଇଥିଲେ । ବିଦ୍ୟାର୍ଥୀ ଶିକ୍ଷାଦାନ ନିକଟକୁ ନ ଆସି ଶିକ୍ଷାକୁ ବିଦ୍ୟର୍ଥୀର ଦୁଆର ମୁହଁ ରେ ସପ୍ତାହକୁ ସାତଦିନ ଓ ୨୪ ଘଣ୍ଟା ଧରି, ତାଙ୍କର ସୁବିଧା ଅନୁସାରେ ପହୁଞ୍ଚାଇବା, ଏହି ନୂଆ ଶିକ୍ଷାକ୍ରମର ଅସଲ ଉଦେଶ୍ୟ ବୋଲି ଶ୍ରୀ ଦ୍ୱିବେଦୀ ଦର୍ଶାଇଥିଲେ ।

ଉଭୟ ପ୍ରକୃତ ଓ ୱ?ବ ଯୋଗେ ଆୟୋଜିତ ଏହି ଉଦଘାଟନୀ ସମାରୋହର ମୁଖ୍ୟ ଆୟୋଜକ ଏବଂ ଏସାର- ଗୁରୁକୁଳ ର ଅଧକ୍ଷ ତଥା ପରିଚାଳନା ନିର୍ଦ୍ଦେଶକ ଇଂ ମୀନକେତନ ବିଶ୍ୱାଳ ଧନ୍ୟବାଦ ପ୍ରଦାନ କରି ଏସାର- ଗୁରୁକୁଳ ସଂସ୍ଥା ଗଠନ ପଛରେ ଥିବା ଦାର୍ଶନିକ ଓ ଆଧାତ୍ମିକଗତ ମହତ ଭାବନା ଉପରେ ଆଲୋକପାତ କରିଥିଲେ । ଦେଶର ଶିକ୍ଷା ବ୍ୟବସ୍ଥାର ଆମୂଳଚୂଳ ନବୀକରଣ ଓ ଏହାର ମାନବର୍ଦ୍ଧନ ପାଇଁ ଏସାର - ଗୁରୁକୁଳ ବଦ୍ଧପରିକର ବୋଲି ଇଃ ଶ୍ରୀ ବିଶ୍ୱାଳ ଉଲ୍ଲେଖ କରିଥିଲେ ।

ସମଗ୍ର ଡିଜିଟାଲ କାର୍ଯ୍ୟକ୍ରମକୁ ଏସାର- ଗୁରୁକୁଳ ପରିକଳ୍ପନାର ସର୍ଜନାକାରୀ ଏବଂ ସି .ଏମ .ଡି ଇଃ ଶ୍ରୀ ବିଶ୍ୱାଳଙ୍କର ସୁପୁତ୍ର ଶିବ ରଞ୍ଜନ ବିଶ୍ୱାଳ ମାଞ୍ଚେଷ୍ଟର ରୁ ସଂଯୋଜନା କରିଥିଲେ । ଆୟୋଜନର ସୁପରିଚାଳନା କରିବାରେ ଶିବ କୁମାର ବିଶ୍ୱାଳ , ପ୍ରକାଶ ନାୟକ, ଦିଲ୍ଲୀପ କୁମାର ସାହୁ ଏବଂ ବିକାଶ ଚନ୍ଦ୍ର ନାୟକ ପ୍ରମୁଖ ମୁଖ୍ୟଭୂମିକା ଗ୍ରହଣ କରିଥିଲେ ଛ ଶେଷରେ ଜଗବନ୍ଧୁ ମୁଦୁଲି ଓ ତାଙ୍କର ସାଥି କଳାକାର ମାନେ ମନୋରଂଜକ ଭଜନ ପରିବେଷଣ କରିଥିଲେ ।

# ଡିଏସ୍‌ପି ଏମଏଫ ଉନ୍ମୋଚନ କଲା 'ଭିଜନ ୨୦/୨୦'

ଭୁବନେଶ୍ୱର (ପିଏନ): ବ୍ୟବସାୟର ଭବିଷ୍ୟତ ସମ୍ପର୍କରେ ଦୂରଦୃଷ୍ଟି ପୋଷଣ କରିବାକୁ ଡିଏସ୍‌ପି ମ୍ୟୁଚୁଆଲ ଫଣ୍ଡ 'ଭିଜନ ୨୦/୨୦' ଶୀର୍ଷକରେ ଏକ ଆକଳନ ବିଚାରାଧାରାକୁ ଉପସ୍ଥାପନ କରୁଛି । ଡାକ୍ତରୀ ଶାସ୍ତ୍ରରେ ୨୦/୨୦ ଦୃଷ୍ଟିଶକ୍ତିର ତୀକ୍ଷ୍ଣ ଅବସ୍ଥା ସମ୍ପର୍କରେ ସୂଚିତ କରୁଛି । ଡିଏସ୍‌ପି ଏମଏଫ ନିବେଶକ ଅଥବା ସମ୍ଭାବ୍ୟ ନିବେଶକ ବ୍ୟବସାୟ ସଂସ୍ଥାଗୁଡିକର ଭବିଷ୍ୟତ ସମ୍ପର୍କରେ ଆକଳନ କରିବା ସମୟରେ ତାହାକୁ ଉଚ୍ଚ ଦୃଶ୍ୟମାନ, ମଧ୍ୟମ ଦୃଶ୍ୟମାନ ଏବଂ ନିମ୍ନ ଦୃଶ୍ୟମାନ ବ୍ୟବସାୟ ସଂସ୍ଥା ଭାବରେ ପୃଥକ କରି ତିନିଟି ଲେନ୍ସର ଉପଯୋଗ କରିଛି । ଏହି ଆକଳନରେ କୁହାଯାଇଛି ଯେ ମଧ୍ୟମରୁ ଉଚ୍ଚ ଆୟକାରୀ ବର୍ଗ ଉବେର / ଓଲା ସେବା ବ୍ୟବହାର କରିବା ପରିବର୍ତ୍ତେ ବ୍ୟକ୍ତିଗତ କାର୍ ଅଥବା ଦୁଇଚକିଆ ଗାଡି ଖରିଦ କରିବାକୁ ପସନ୍ଦ କରିବେ । ସମ୍ପ୍ରତି କମ୍ ବ୍ୟୟସାପେକ୍ଷ ଏବଂ ବଜାରରେ ଚାହିଦା ଥିବା ବ୍ୟବହୃତ (ସେକେଣ୍ଡ ହ୍ୟାଣ୍ଡ) ଗାଡିଗୁଡିକର ଚାହିଦା ବୃଦ୍ଧିପାଇଛି । ଅନୁରୂପ ଭାବେ ଏକାଧିକ ସପିଂ ଆପ୍ଲିକେସନ ଜରିଆରେ ଜନସାଧାରଣ ଅନ୍‌ଲାଇନରେ କିଣାକିଣି କରୁଛନ୍ତି ଏବଂ ଅନ୍‌ଲାଇନ ସ୍ୱାସ୍ଥ୍ୟଯନ୍ ତଥା ଔଷଧ ଆଦିର ଚାହିଦା ବିପୁଳ ବୃଦ୍ଧି ଘଟିଛି । ଦରିଦ୍ର ଲୋକଙ୍କ ପାଇଁ ସରକାର ଉନ୍ନତ ଜୀବନ ନିର୍ବାହ ପରିବେଶ ଯୋଗାଇବା ଉପରେ ଗୁରୁତ୍ୱ ଦେବା ସମ୍ଭାବନା ଥିବାରୁ ସୁଲଭ ମୂଲ୍ୟ ବାସଗୃହ ନିର୍ମାଣ ମଧ୍ୟ ତ୍ୱରାନ୍ୱିତ ହୋଇପାରେ । ଅନ୍ୟପକ୍ଷରେ ୱାର୍କ ଫ୍ରମ ହୋମ୍ (ଘରେ ରହି ଅଫିସ କାମ କରିବା) ବ୍ୟବସ୍ଥା ଦ୍ୱାରା ଘରଭଡା ବ୍ୟବସାୟ ପ୍ରଭାବିତ ହୋଇପାରେ ଏବଂ ସେହି ସମୟରେ ଇଣ୍ଟଣ୍ଟ;ରନେଟ୍ କାରବାର ବ୍ୟାପକ ହେବ ଏବଂ ଏହାଦ୍ୱାରା ଦୂରସଂଚାର କମ୍ପାନୀଗୁଡିକ ଫାଇଦା ପାଇବେ । ଏଭଳି ପରିସ୍ଥିତିରେ ପ୍ୟାକେଟରେ ଆସୁଥିବା ପ୍ରସ୍ତୁତ ଖାଦ୍ୟର ଚାହିଦା ବୃଦ୍ଧିପାଇବ । ରପ୍ତାନିଭିତ୍ତିକ ଔଷଧୀୟ କମ୍ପାନୀଗୁଡିକ ମଧ୍ୟ 'ଆତ୍ମନିର୍ଭର ଭାରତ' ବିଷୟରୁ ସୁଯୋଗ ନେବାକୁ ଉତ୍ତମ ସ୍ଥିତିରେ ଅଛନ୍ତି । ହ୍ୟାଣ୍ଡ ସାନିଟାଇଜର, ହ୍ୟାଣ୍ଡ ୱାଶ୍ ଭଳି ସାମଗ୍ରୀର କାରବାର ୧୦ହଜାର ଗୁଣ ବୃଦ୍ଧିପାଇଛି । ଅନ୍ୟପକ୍ଷରେ ସାମାଜିକ ନିରାପତ୍ତା ବ୍ୟବସ୍ଥାର ଅଭାବ ଏବଂ ବ୍ୟୟବହୁଳ ସ୍ୱାସ୍ଥ୍ୟଯନ୍ ସହିତ ଭାରତରେ ସୁରକ୍ଷା ପ୍ରଦାନକାରୀ ପଲିସୀର ଖୁବ କମ୍ କାରବାର ଯୋଗୁଁ ଉଭୟ ସ୍ୱାସ୍ଥ୍ୟ ଓ ଟର୍ମଲାଇଫ ଇନସ୍ୟୁରାନ୍ସ ଚାହିଦା ବୃଦ୍ଧି ପାଇପାରେ । ଏହାକୁ ଡିଏସ୍‌ପି ଏମଏଫ ଭିଜନ ୧୫/୨୦ ବର୍ଗରେ ସ୍ଥାନିତ କରିଛି । ବେତନ କାଟ ଏବଂ ଚାକିରୀ ଛଟେଇ ଭଳି ଜଟିଳ ସମୟରେ ସାଧାରଣ ଜନତାଙ୍କ ଦ୍ୱାରା ଆଦୃତ ହେଉଥିବା ବ୍ରାଣ୍ଡ୍‌ଗୁଡିକ ପ୍ରିମିୟମ ବ୍ରାଣ୍ଡ୍‌ଗୁଡିକୁ ପଛରେ ପକାଇଦେବା ଆଶା କରାଯାଉଛି, କାରଣ ଗ୍ରାହକମାନେ ମୂଲ୍ୟପ୍ରତି ସଚେତନ ହୋଇ କିଣାକିଣି କରିବା ଆରମ୍ଭ କରିଛନ୍ତି । ପ୍ରାଥମିକ ସମୟରେ ଅସାଧୁ ମହଜୁଦ କାରଣରୁ ଉପଭୋକ୍ତାଙ୍କ ଦ୍ୱାରା ମୁଖ୍ୟ ଖାଦ୍ୟସାମଗ୍ରୀ ବିପୁଳ ପରିମାଣରେ କିଣାକିଣି କରାଯିବା ପରିଲକ୍ଷିତ ହୋଇଛି ଏବଂ ଏ କ୍ଷେତ୍ରରେ ଦୀର୍ଘସୂତ୍ରୀ ଅଭିବୃଦ୍ଧି ଅପରିବର୍ତ୍ତିତ ରହିବା ମନେ କରାଯାଉଛି । ସ୍ୱାସ୍ଥ୍ୟରକ୍ଷା ଉତ୍ପାଦଗୁଡିକର ସୀମିତ ବ୍ୟବହାର ଏବଂ ଟୁଥପେଷ୍ଟ, ଫେସୱାଶ୍, ସାମ୍ପୁ ଭଳି ଅନ୍ୟ ସ୍ୱାସ୍ଥ୍ୟରକ୍ଷା ବର୍ଗର ଉତ୍ପାଦଗୁଡିକରେ ସେଭଳି ବୃଦ୍ଧି ଲକ୍ଷ୍ୟ କରାଯାଇନାହିଁ । ପ୍ୟାକେଟରେ ଆସୁଥବା ଖାଦ୍ୟସାମଗ୍ରୀ ଚାହିଦା ଆଶାତୀତ ବୃଦ୍ଧିଘଟିଛି ଏବଂ ନିକଟରେ ଜଣେ ବିସ୍କୁଟ ଉତ୍ପାଦନକାରୀଙ୍କ କହିବା ଅନୁଯାୟୀ ସେମାନେ ଅଶୀବର୍ଷ ମଧ୍ୟରେ ଯେତିକି ବ୍ୟବସାୟ କରିନଥିଲେ ତାହା ଚଳିତ ମାସଗୁଡିକରେ କରିଛନ୍ତି । ତେବେ ଏହି ଧାରା ଜାରି ରହିବ ବୋଲି ଆମେ ମନେକରିପାରିବା ନାହିଁ । ଡିଏସ୍‌ପି ଏମଏଫର ଭିଜନ ୧୦/୨୦ ବର୍ଗରେ ଏହା ସ୍ଥାନ ପାଇଛି । ସାମ୍ପ୍ରତିକ ସ୍ଥିତିରେ ଲୋକେ ବାହାରେ ଖାଇବା ବନ୍ଦ କରିଦେଇଛନ୍ତି । ମହାମାରୀ ସମୟରେ ଅନ୍‌ଲାଇନ ସାମଗ୍ରୀ ଯୋଗାଣ ଗୁରୁତର ପ୍ରଭାବିତ ହୋଇଥିଲା ଏବଂ ଏହିସବୁ ରୋଷଶାଳା ବନ୍ଦ ହୋଇଯାଇଥିଲା । ଖୁଚୁରା ବ୍ୟବସାୟ ମଧ୍ୟ ପ୍ରଭାବିତ ହୋଇଥିଲା, ଯଦିଓ ସମ୍ପ୍ରତି ଏଥିରେ ପୁନରୁଦ୍ଧାର ଘଟିବାର କେତେକ ସୂଚନା ମିଳୁଛି । ତେଣୁ ଏହି ଶ୍ରେଣୀଗୁଡିକ ପୂର୍ବ ଅବସ୍ଥାକୁ ଫେରିବା ନିମନ୍ତେ କିଛି ସମୟ ଲାଗିବ ଏବଂ ଉପଭୋକ୍ତାଙ୍କର ବିଶ୍ୱାସ ଫେରାଇ ଆଣିବା ସହିତ ସେମାନଙ୍କ ଆସ୍ଥା ଜିତିବା ଏ କ୍ଷେତ୍ରରେ ଗୁରୁତ୍ୱପୂର୍ଣ୍ଣ ହେବ । ତତ୍‌ସହିତ ସମ୍ପ୍ରତି ଚଳଚ୍ଚିତ୍ରଗୁଡିକ ଅନ୍‌ଲାଇନ ପ୍ଲାଟଫର୍ମରେ ମୁକ୍ତିଲାଭ କରୁଥିବାରୁ ମଲ୍‌ଟିପ୍ଲେକ୍ସଗୁଡିକ ପ୍ରଭାବିତ ହେବ । ବିମାନରେ ଆବଦ୍ଧ ପରିବେଶ ସହିତ ଯାତ୍ରୀମାନେ ପାଖାପାଖି ବସୁଥିବାରୁ ନିୟମିତ ଯାତ୍ରୀବାହୀ ବିମାନ ଚଳାଚଳ ସ୍ୱାଭାବିକ ହେବାକୁ ଆଉ କିଛିଦିନ ଲାଗିପାରେ । କୋଭିଡ ଓ ଅଣ କୋଭିଡ ଚିକିତ୍ସା ନିମନ୍ତେ ରାଜ୍ୟ ସରକାରମାନେ ମୂଲ୍ୟ ସ୍ଥିର କରୁଥିବାରୁ ହସପିଟାଲଗୁଡିକରେ ଘରୋଇ ନିବେଶ ପ୍ରଭାବିତ ହୋଇପାରେ ବୋଲି କୁହାଯାଇଛି । ବ୍ୟାଙ୍କଗୁଡିକ ମଧ୍ୟ ମୋରାଟୋରିୟମକୁ ନେଇ ଆଗକୁ ବଢିବା ସମ୍ପର୍କରେ ଶିକ୍ଷାଲାଭ କରୁଛନ୍ତି ଏବଂ ଏହାଦ୍ୱାରା କେତେ ପ୍ରତିଶତ ଅର୍ଥ ପୁନର୍ଗଠନ କରାଯିବ, ତାହା ଦେଖିବାକୁ ବାକି ରହିଛି । ଏହା ଭିଜନ ୫/୨୦ରେ ସ୍ଥାନିତ ହୋଇଛି । ଡିଏସ୍‌ପିର ପୋର୍ଟଫୋଲିଓର ମୁଖ୍ୟଭାଗ ଉଚ୍ଚ ଏବଂ ନିମ୍ନ ଦୃଶ୍ୟମାନ କ୍ଷେତ୍ରରେ ଥିବା କମ୍ପାନୀଗୁଡିକୁ ନେଇ ପ୍ରସ୍ତୁତ । ଡିଏସ୍‌ପି ଏମଏଫ୍‌ର ବିଶ୍ୱାସ ଯେ କମ୍ ପରିମାଣର ଋଣ ସହିତ ଅଧିକ ଅର୍ଥ ପ୍ରବାହ ବ୍ୟବସ୍ଥା ସୃଷ୍ଟି ଦୀର୍ଘସୂତ୍ରୀ ଆକାରରେ ଉତ୍ତମ ଭାବେ କାର୍ଯ୍ୟ କରିଥାଏ ଏବଂ ଆମେ ସମ୍ପ୍ରତି ଯାହା ଦେଖୁଛୁ ସଙ୍କଟ ସମୟରେ ଏହା ଅତ୍ୟନ୍ତ ଗୁରୁତ୍ୱପୂର୍ଣ୍ଣ ବିବେଚିତ ହୁଏ । ମାତ୍ରାଧିକ ଋଣକୁ ନେଇ ଭାରାକ୍ରାନ୍ତ ଅଥବା ସ୍ୱଳ୍ପ ଅର୍ଥ ପ୍ରବାହ ବ୍ୟବସ୍ଥା ଥିବା କମ୍ପାନୀଗୁଡିକ ହୁଏତ ସଫଳତାର ସହିତ ପ୍ରତିଦ୍ୱନ୍ଦ୍ୱିତା କରିବା ନେଇ ସମସ୍ୟାର ସମ୍ମୁଖୀନ ହୋଇପାରନ୍ତି । ଗୋଟିଏ କମ୍ପାନୀ ମୂଳଧନକୁ କେତେ ଦକ୍ଷ ଭାବରେ ନିବେଶ କରିପାରୁଛି ଏବଂ ପୁଞ୍ଜି ଦକ୍ଷତାଭିତ୍ତିକ ବ୍ୟବସାୟକୁ ପସନ୍ଦ କରୁଛି, ତାହା ଉପରେ ସମ୍ପତ୍ତି ସୃଷ୍ଟି ନିର୍ଭର କରେ ବୋଲି ଡିଏସ୍‌ପିର ବିଶ୍ୱାସ । ଏହା ଏକଥା ମଧ୍ୟ କହିଛି ଯେ ସାମ୍ପ୍ରତିକ ପରିବେଶ ଅନିଶ୍ଚିତ ଏବଂ ଅସ୍ଥିର ଅବସ୍ଥାରେ ରହିଛି । ବର୍ତ୍ତମାନ ସମୟରେ ଘଟୁଥିବା ପରିବର୍ତ୍ତନ ଉପଭୋକ୍ତାଙ୍କ ଆଚରଣରେ ପରିବର୍ତ୍ତନ ଆଣିବ । ତେଣୁ ଏହାକୁ ନେଇ ଡିଏସ୍‌ପି ଏମଏଫ ଉଲ୍ଲସିତ ଥିଲେ ମଧ୍ୟ ଭବିଷ୍ୟତ ପ୍ରତି ସଜାଗ ଦୃଷ୍ଟି ରଖିଛି ।

# ଆନନ୍ଦପୁରର କେତେଜଣ ଆଇନଜୀବୀ ତଥା ଓକିଲଙ୍କ ଦାଦାଗିରୀ

ଭୂବନେଶ୍ୱର : ଆନନ୍ଦପୁରର କେତେଜଣ ଆଇନ୍‌ଜୀବୀ ତଥା ଓକିଲଙ୍କ ଦାଦାଗିରୀ ହକିମାତକାରୀ ଲୋକଙ୍କ ଟଙ୍କା ନେଇ ମାଡମାରିବା ସହ ଇ- କେଶ୍‌କରି ଧମକ ଦେବା ଏବଂ ତାଙ୍କର ଓକିଲ ସଂଘ ଅଛି କହି ସମସ୍ତଙ୍କୁ ଜାଲିଆତେ କାର୍ଯ୍ୟ କରିବା ସମ୍ବନ୍ଧରେ ତାଲୁକ ଲିଗାଲ ସର୍ଭିସେସ୍ କମିଟି ଆନନ୍ଦପୁରର ପାରା ଲିଗାଲ୍ ଭଲ୍ୟୁନ୍‌ଟର ତଥା ସାମ୍ବାଦିକ ଶ୍ରୀ ପ୍ରଭାତ କୁମାର ଦାସ ଓଡିଶା ସମ୍ବାଦିକ ସଂଘ , ଭୂବନେଶ୍ୱରର ସଭାପତିଙ୍କୁ ନ୍ୟାୟ ପାଇଁ ଅନୁରୋଧ କରିଛନ୍ତି । ସେ ତାଙ୍କ ଅନୁରୋଧ ପତ୍ରରେ ଜଣାଇଛନ୍ତି ଯେ, ଲିଗାଲ୍ ଓକିଲବାବୁ ଦ୍ୱୟ ଆନନ୍ଦପୁର, କେନ୍ଦୁଝରର ଭାଗିରଥି ଦାଶ ଓରଫ୍ କାଳିଆ ଦାଶ, ଘସିପୁରା, ବାଇଧର ସେଠୀ (ତାଲୁକ୍ ଲିଗାଲ ଅଥରେଟି) ଫକୀରପୁର ଏବଂ ଦେବାଶିଷ ବେହେରା (କୋର୍ଟ କିରାଣୀ) ଓ ନିରଞ୍ଜନ ସାହୁ, ସହଯୋଗୀ ଓକିଲ ତାଲୁକ୍ ଲିଗାଲ୍‌ର ଅଫିସ୍ କିରାଣୀ ସହ ଅନ୍ୟ କେତେଜଣଙ୍କୁ ହାତରେ ରଖି ଲୋକମାନଙ୍କ ବେଶ୍ ଫାଇଦା ଉଠାଉଛନ୍ତି । ଏତଦ୍ ବ୍ୟତୀତ ସେମାନେ କୌଣସି ମିଟିଙ୍ଗ୍ ନ କରି ଖାତାରେ ରେକର୍ଡ କରାଉଛନ୍ତି । କେବଳ ଏତିକି ନୁହେଁ ଆହୁରି ମଧ୍ୟ ଶ୍ରୀ ଦାସ ଜଣେ ତାଲୁକ୍ ଲିଗାଲ୍ ସଦସ୍ୟ ତା ୧୭.୦୪. ୨୦୧୮ରିଖରୁ ଥାଇ ମଧ୍ୟ ଆଜି ପର୍ଯ୍ୟନ୍ତ କୌଣସି ବୈଠକରେ ସାମିଲ୍ ହୋଇନାହାଁନ୍ତି କି ତାଙ୍କୁ ଏପର୍ଯ୍ୟନ୍ତ ତାଲୁକ୍ ଲିଗାଲ୍‌ର କୈଣସି ସଦସ୍ୟ ବୈଠକ ବିଷୟରେ ଜଣାଇ ବି ନାହାଁନ୍ତି । ଏହାର କାରଣ ହେଉଛି


ଓକିଲ ଭାଗୀରଥି ଦାସ (କାଳିଆ)

ସେମାନଙ୍କର କେତେଜଣ ହାତବନ୍ଧା ସଦସ୍ୟ ଅଛନ୍ତି ଓ ସେମାନେ ହିଁ ବୈଠକରେ ନିୟମିତ ବସୁଛନ୍ତି । ଉପରୋକ୍ତ ବ୍ୟକ୍ତି ବିଶେଷଙ୍କ ଦ୍ୱାରା ଶ୍ରୀ ଦାସଙ୍କୁ ମାଡ ମରାଯାଇଥିଲା, ଏଥିପାଇଁ ଶ୍ରୀ ଦାସ ତା ୦୮.୧୦. ୨୦୧୨ରିଖରେ ଥାନାରେ ଏତେଲା ଦେଇଥିଲେ ମଧ ତାହା ଆଜି ପର୍ଯ୍ୟନ୍ତ କୋର୍ଟରେ ବିଚାରପାଇଁ ପଡିରହିବା ସହ ଏପର୍ଯ୍ୟନ୍ତ ତାହା କାଜ୍‌ଲିଷ୍ଟରେ ତାରିଖ ମଧ ଦିଆଯାଇନାହିଁ । ଠିକ୍ ସେହିପରି ଏହି କେତେକ ଓକିଲମାନଙ୍କ ହସ୍ତକ୍ଷେପ ଫଳରେ ବିଚାର ପକ୍ରିୟା ଆଗେଇ ପାରୁନାହିଁ । ଉପରୋକ୍ତ ଓକିଲବାବୁମାନଙ୍କ ଦ୍ୱାରା ତା ୦୭.୧୦.୨୦୨୧ରିଖରେ ଶ୍ରୀଦାସଙ୍କୁ ଜଗା ଚା ଦୋକାନ ସାମ୍ନାରେ ରାଜରାସ୍ତା ଉପରେ ଶ୍ରୀ ପ୍ରଭାତ କୁମାର ଦାସଙ୍କ ମୁଣ୍ଡକୁ ଆଘାତ ଦେବା ସହ ତାଙ୍କ ବାମ କାନ ପାଖରେ ଯୋରରେ ମାଡ ମାରିବା ସହ ଅଶ୍ଳୀଳ ଭାଷା ପ୍ରୟୋଗ କରି ତାଙ୍କ ମୋବାଇଲ୍ ଫୋନ୍‌କୁ ଛଡାଇ ନେଇଛନ୍ତି । ଏବଂ ସେମାନେ ଶ୍ରୀଦାସଙ୍କୁ ଧମକ ଦେଇ କହିଛନ୍ତି ଯେ, ଏହି ବିଷୟରେ ଯଦି କେଉଁଠି ଅଭିଯୋଗ କରିବୁ କିମ୍ବା କେସ୍ କରିବୁ ତେବେ ତାକୁ ପିସ୍ କରି କଟି ବୈତରଣୀ ନଦୀରେ ଫିଙ୍ଗି ଦେବୁ, ତୁ ନଦୀରେ ଭାସୁଥିବୁ । ଏହି ପରିପ୍ରେକ୍ଷୀରେ ଶ୍ରୀ ଦାସ ନିଜ ପରିବାରକୁ ନେଇ କିପରି ଚଳିବେ ବୋଲି ପ୍ରଶ୍ନ କରିଛନ୍ତି ଭୂବନେଶ୍ୱରସ୍ଥ ଓଡିଶା ସାମ୍ବାଦିକ ସଂଘକୁ । ଏଠାରେ ପ୍ରକାଶ ଯୋଗ୍ୟ ଯେ, ଶ୍ରୀ ପ୍ରଭାତ କୁମାର ଦାସ ଜଣେ ଗ୍ରାମାଚଂଳ ସାମ୍ବାଦିକ ହୋଇଥିବାରୁ ନ୍ୟାୟ ପାଇଁ ଓଡିଶା ସାମ୍ବାଦିକ ସଂଘରେ ଅନୁରୋଧ କରିଛନ୍ତି । ଶ୍ରୀ ଦାସ କ୍ଷୋଭର ସହ କହିଛନ୍ତି ଯେ, ଯଦି ସମସ୍ତ ସାମ୍ବାଦିକମାନଙ୍କର ସଂଘ ଅଛି, ତେବେ ଲୋକଙ୍କୁ ରାଜରାସ୍ତାରେ ମାଡ ମାରିବା, ହାକିମତି କରିବା, ଅଶ୍ଳିଳଭାଷା ପ୍ରୟୋଗ କରିବା, ଜୀବନରୁମାରିବାକୁ ଧମକ ଦେବା ସହ ଆନନ୍ଦପୁରକୁ ଆସିପାରିବୁ ନାହିଁ କହିବା ବା କୌଣସି ଲୋକ ଯାଇପାରିବେ ନାହିଁ କି କୌଣସି କାମଧନ୍ଦାରେ ରାସ୍ତାଘାଟରେ ଅଥବା କୋର୍ଟ କଚେରୀ ଯିବେନାହିଁ ଆଦି କହିବା କେଉଁ ନିୟମରେ ଅଛି । ଯେଉଁମାନଙ୍କର ସଂଘ ଅଛି, ସେମାନେ ଏହିପରି କରିପାରିବେ କି ବୋଲି ପ୍ରଶ୍ନ କରିଛନ୍ତି ଶ୍ରୀ ଦାସ ଓଡିଶା ସାମ୍ବାଦିକ ସଂଘ , ଭୂବନେଶ୍ୱରକୁ । ଏଣୁ ଏସବୁ ଘଟଣାକୁ ବିଚାରକୁ ନେଇ ଦୋଷୀମାନଙ୍କ ବିରୁଦ୍ଧରେ ଦୃଢ କାର୍ଯ୍ୟାନୁଷ୍ଠାନ ଗ୍ରହଣ ପୂର୍ବକ ଶ୍ରୀ ଦାସଙ୍କୁ ଓଡିଶା ସାମ୍ବାଦିକ ସଂଘ ଉପଯୁକ୍ତ ନ୍ୟାୟ ପ୍ରଦାନ କରିବ ବୋଲି କେନ୍ଦୁଝର ଜିଲ୍ଲା ଅନ୍ତର୍ଗତ କେଶଦୁରାପାଳ ବାସିନ୍ଦା ଶ୍ରୀ ପ୍ରଭାତ କୁମାର ଦାସ ମନରେ ଦୃଢ ଆଶା ରଖିଛନ୍ତି ।




# 'କର୍ମର ଅନ୍ତ ନାହିଁ'; ମାନ୍ୟବର ରାଜ୍ୟପାଳ




ଭୁବନେଶ୍ୱର, (ପି.ଏନ): ରାଜଭବନର ଅଭିଷେକ ସଭାଗୃହରେ ମାନ୍ୟବର ରାଜ୍ୟପାଳ ଓ ଓଡିଶା ରାଜ୍ୟ ଭାରତ ସ୍କାଉଟସ୍ ଏବଂ ଗାଇଡସ୍‌ର ମୁଖ୍ୟ ପୃଷ୍ଠ ପୋଷକ ପ୍ରଫେସର ଗଣେଶୀ ଲାଲଙ୍କ ଦ୍ୱାରା ଓଡିଶା ରାଜ୍ୟ ଭାରତ ସ୍କାଉଟସ୍ ଏବଂ ଗାଇଡସ୍ ସଂଗଠନର ନବନିର୍ବାଚିତ ସଭାପତି ଓ ଉପସଭାପତି ମାନଙ୍କର ଶପଥ ଗ୍ରହଣ ଉତ୍ସବ ଅନୁଷ୍ଠିତ ହୋଇଯାଇଅଛି । ମାନ୍ୟବର ବିଧାୟକ ଶ୍ରୀଯୁକ୍ତ ଅତନୁ ସବ୍ୟସାଚୀ ନାୟକ ରାଜ୍ୟ ସଭାପତି ଭାବରେ ଏବଂ ମାନ୍ୟବର ମନ୍ତ୍ରୀ ଜଙ୍ଗଲ ଓ ପରିବେଶ ବିଭାଗ, ଶ୍ରୀଯୁକ୍ତ ବିକ୍ରମ କେଶରୀ ଆରୁଖ, ମାନ୍ୟବର ବିଧାୟକ ଅନନ୍ତ ନାରାୟଣ ଜେନା, ମାନ୍ୟବର ବିଧାୟକ ସୁଶାନ୍ତ କୁମାର ରାଉତ, ସମାଜର ମୁଦ୍ରାକାର ଓ ପ୍ରକାଶକ ଶ୍ରୀଯୁକ୍ତ ନିରଞ୍ଜନ ରଥ, ମହିଳା କମିଶନର ଅଧ୍ୟକ୍ଷା ଡଃ. (ଶ୍ରୀମତୀ) ମିନତୀ ବେହେରା, ଅବସରପ୍ରାପ୍ତ ନ୍ୟାୟଧୀଶ ଶ୍ରୀଯୁକ୍ତ ମନୋରଞ୍ଜନ ମହାନ୍ତି, ଆନ୍ତର୍ଜାତୀୟ ସମବାୟ ମତ୍ସ୍ୟ ସଂଗଠନ ଉପାଧ୍ୟକ୍ଷ ଶ୍ରୀଯୁକ୍ତ ଟି. ପ୍ରସାଦ ରାଓ ଦୋରା ରାଜ୍ୟ ଉପସଭାପତି ଭାବେ ଶପଥ ଗ୍ରହଣ କରିଥିଲେ । ସଂଗଠନର ସଭାପତ ଶ୍ରୀ ଅତନୁ ସବ୍ୟସାଚୀ ନାୟକଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଉକ୍ତ ବୈଠକରେ ରାଜ୍ୟ ମୁଖ୍ୟ କମିଶନର ତଥା ଜାତୀୟ ଉପସଭାପତି ଡଃ କାଳିପ୍ରସାଦ ମିଶ୍ର ତାଙ୍କ ସ୍ୱାଗତ ଭାଷଣ ବିଗତ ଦିନମାନଙ୍କରେ ରାଜ୍ୟ ସଂସ୍ଥା ଜାତୀୟ ତଥା ଅନ୍ତର୍ଜାତୀୟ ସ୍ତରରେ ବିଭିନ୍ନ କାର୍ଯ୍ୟକ୍ରମ ଦ୍ୱାରା ନିଜର ପ୍ରତିଷ୍ଠା ଲାଭ କରିଥିବା ବର୍ଣ୍ଣନା କରିଥିଲେ । ଏଥିନିମନ୍ତେ ସଦସ୍ୟମାନଙ୍କର ସକ୍ରିୟ ସହଯୋଗର ଉଚ୍ଚପ୍ରଶଂସା କରିବା ସହିତ ଆଗାମୀ ଦିନରେ ଏହାକୁ ଆହୁରି ଦୃଢ଼ୀଭୂତ କରିବା ପାଇଁ ଆଶା ବ୍ୟକ୍ତ କରିଥିଲେ । ପରେ ପରେ ନବନିର୍ବାଚିତ କର୍ମକର୍ତ୍ତାମାନଙ୍କୁ ଶପଥପାଠ କରାଇ ସ୍କାର୍ଫ ପ୍ରଦାନ କରିଥିଲେ ଏବଂ ମାନ୍ୟବର ରାଜ୍ୟପାଳ ସମସ୍ତଙ୍କୁ ସ୍କାଉଟ ଗାଇଡ୍‌ର ଇନ୍‌ସିଗିନିଆ ବ୍ୟାଚ ଓ ମେମେଣ୍ଟୋ ପ୍ରଦାନ କରିଥିଲେ । ଏହି ଉତ୍ସବରେ ରାଜ୍ୟ ସରକାରଙ୍କର ବହୁ ଉଚ୍ଚ ପଦାଧିକାରୀ ଯୋଗଦେଇଥିଲେ । ମୁଖ୍ୟ ଅତିଥି ମାନ୍ୟବର ରାଜ୍ୟପାଳ ପ୍ରଫେସର ଗଣେଶୀ ଲାଲ ନିଜର ଅଭିଭାଷଣରେ ସେବାର ମହତ୍ୱ ବର୍ଣ୍ଣନା କରିଥିଲେ । ପୃଥିବୀର ପ୍ରତ୍ୟେକ ପ୍ରାଣୀଙ୍କୁ ନିଜର ଗ୍ରାମ ଓ ପ୍ରତ୍ୟେକ ବ୍ୟକ୍ତିଙ୍କୁ ନିଜର ପରିବାର ଭାବି କର୍ତ୍ତବ୍ୟ କରିବାର । ଏହି ସୁଯୋଗ ଲାଭ କରିବା ନିମନ୍ତେ ସ୍କାଉଟିଂ ଗାଇଡିଂରେ ଯୋଗଦେବାର ଆବଶ୍ୟକତା ରହିଛି । ସ୍କାଉଟିଂ ଶପଥର ବାଖ୍ୟା କରିବାକୁ ଯାଇ ସନାତନ ଧର୍ମର ବ୍ରହ୍ମ ତତ୍ତ୍ୱ ପରିବେଷଣ କରି ଉପସ୍ଥିତ ଅତିଥିମାନଙ୍କୁ ମନ୍ତ୍ରମୁଗ୍ଧ କରିଦେଇଥିଲେ । ତାଙ୍କ ମତରେ ଆଧାତ୍ମିକତା ହିଁ ଉନ୍ନତିର ଏକମାତ୍ର ମାର୍ଗ । ଯାହା ସ୍କାଉଟିଂ ଗାଇଡିଂର ମୁଳମନ୍ତ୍ର ।

## ଗୁମଡା, ଜିମିଡିପେଟାରେ ରହଣି କରିବ ରାୟଗଡା-ଗୁଂଟୁର ଏକ୍ସପ୍ରେସ

ଭୁବନେଶ୍ୱର, (ପି.ଏନ): ଦୈନନ୍ଦିନ ଯାତାୟାତ କରୁଥିବା ଟ୍ରେନ ଯାତ୍ରୀମାନଙ୍କ ସୁବିଧା ପାଇଁ, ପୂର୍ବ ତଟ ରେଳପଥ ରାୟଗଡା-ଗୁଂଟୁର-ରାୟଗଡା ଏକ୍ସପ୍ରେସକୁ ଗୁମଡା ଏବଂ ଜିମିଡିପେଟା ଷ୍ଟେସନ ଠାରେ ରହଣି ବ୍ୟବସ୍ଥା କରିବାକୁ ନିଷ୍ପତି ନେଇଥିବାବେଳେ ରାୟଗଡା-ଗୁଂଟୁର ଏକ୍ସପ୍ରେସର ସମୟ ସାରଣୀକୁ ପାର୍ବତୀପୁରମ୍ ଟାଉନ୍ ଏବଂ ଗଜପତିନଗରମ୍ ମଧ୍ୟରେ ସଂଶୋଧିତ କରାଯାଇଛି । ୧୭୨୪୩/ ୧୭୨୪୪ ଗୁଂଟୁର-ରୟାଗଡା-ଗୁଂଟୁର ଏକ୍ସପ୍ରେସ ଗୁଂଟୁରରୁ ଡିସେମ୍ବର ମାସ ପହିଲା ଠାରୁ ଏବଂ ରାୟଗଡ଼ାରୁ ଡିସେମ୍ବର ମାସ ୨ ତାରିଖ ଠାରୁ ଉଭୟ ପାର୍ଶ୍ୱରୁ ଉପରୋକ୍ତ ଷ୍ଟେସନଗୁଡିକରେ ରହଣି କରିବ । ୧୭୨୪୩ ଗୁଂଟୁର-ରାୟଗଡା ଏକ୍ସପ୍ରେସ ଗୁମଡାରେ ଅପରାହ୍ନ ୧୨ଘ.୫୮ମି.ରେ ପହଂଚି ୧ ଘଟିକାରେ ରେ ଛାଡିବ। ସେହିଭଳି, ଏହା ଜିମିଡିପେଟାରେ ଅପରାହ୍ନ ୧ଘ.୧୫ମି.ରେ ପହଂଚି ଅପରାହ୍ନ ୧ଘ.୧୭ମି.ରେ ରାୟାଗଡା ଅଭିମୁଖେ ଯିବ। ଫେରିବା ମାର୍ଗରେ ୧୭୨୪୪ ରାୟଗଡା-ଗୁଂଟୁର ଏକ୍ସପ୍ରେସ ଜିମିଡିପେଟାରେ ଅପରାହ୍ନ ୩ଘ.୪୫ମି.ରେ ପହଂଚି ଏବଂ ଅପରାହ୍ନ ୩ଘ.୪୭ମି.ରେ ଛାଡିବ। ସେହିଭଳି, ଏହା ଗୁମଡାରେ ଅପରାହ୍ନ ୪ଘ.୦୧ମି.ରେ ପହଂଚି ଏବଂ ଅପରାହ୍ନ ୪ଘ.୦୩ମି.ରେ ଗୁଂଟୁର ଅଭିମୁଖେ ଯାତ୍ରା କରିବ ।ଏହା ବ୍ୟତୀତ, ୧୭୨୪୪ ରାୟାଗଡା-ଗୁଂଟୁର ଏକ୍ସପ୍ରେସ ପାର୍ବତୀପୁରମ ଟାଉନ ଠାରୁ ଗଜପତିନଗରମ ଷ୍ଟେସନ ମଧ୍ୟରେ ସଂଶୋଧିତ ସମୟ ସାରଣୀରେ ଚଳାଚଳ କରିବ। ଯାତ୍ରୀମାନଙ୍କୁ ଉପରୋକ୍ତ ଟ୍ରେନର ଆଗମନ ଏବଂ ପ୍ରସ୍ଥାନ ବିଷୟରେ ଅବଗତ ହେବାପାଇଁ ରେଳବାଇ ପକ୍ଷରୁ ଅନୁରୋଧ କରାଯାଇଛି ।

# ଗଣଶିକ୍ଷା ବିଭାଗ ସହିତ ଅନ୍ ଏକାଡେମୀର ବୁଝାମଣାପତ୍ର ସ୍ୱାକ୍ଷରିତ

ଭୁବନେଶ୍ୱର,(ପି.ଏନ): ଲୋକସେବା ଭବନର ସମ୍ମିଳନୀ କକ୍ଷରେ ରାଜ୍ୟ ଉନ୍ନୟନ କମିଶନର ପ୍ରଦୀପ ଜେନାଙ୍କ ଅଧ୍ୟକ୍ଷତାରେ ରାଜ୍ୟ ସରକାରଙ୍କ ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗ ସହିତ ଅନ୍ ଏକାଡେମୀର ବୁଝାମଣାପତ୍ର ସ୍ୱାକ୍ଷରିତ ହୋଇଛି । ରାଜ୍ୟର ଛାତ୍ରଛାତ୍ରୀମାନଙ୍କ ଶିକ୍ଷା ଓ ମାନସିକ ଦକ୍ଷତାର ବିକାଶ ତଥା ଜାତୀୟ ଏବଂ ଅନ୍ତର୍ଜାତୀୟ କ୍ଷେତ୍ରରେ ଅନୁଷ୍ଠିତ ବିଭିନ୍ନ ପ୍ରତିଯୋଗିତା ଓ ପ୍ରବେଶିକା ପରୀକ୍ଷାଗୁଡ଼ିକରେ ସଫଳତା ହାସଲ କରିବା ନିମନ୍ତେ ଓଡ଼ିଶା ରାଜ୍ୟ ସରକାରଙ୍କ ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗ ଏବଂ ବେଙ୍ଗାଲୁରୁରେ ଅବସ୍ଥାପିତ ଦେଶର ଶିକ୍ଷା କ୍ଷେତ୍ରରେ ଅଗ୍ରଣୀ ଭୂମିକା ଗ୍ରହଣ କରିଥିବା ସୁପରିଚିତ ଅନୁଷ୍ଠାନ ଅନ୍ଏକାଡେମୀ ଏକ ଗୁରୁତ୍ୱପୂର୍ଣ୍ଣ ବୁଝାମଣାପତ୍ର ସ୍ୱାକ୍ଷରିତ ହୋଇଛି । ଉକ୍ତ ବୁଝାମଣାପତ୍ର ଦ୍ୱାରା ଆମ ରାଜ୍ୟରେ ସରକାରୀ ବିଦ୍ୟାଳୟରେ ପଢୁଥିବା ଦଶମ, ଏକାଦଶ ଏବଂ ଦ୍ୱାଦଶ ଶ୍ରେଣୀର ଛାତ୍ରଛାତ୍ରୀମାନେ ଏହି ଅନୁଷ୍ଠାନ ଦ୍ୱାରା ପ୍ରତ୍ୟକ୍ଷ ଭାବରେ ଅନ୍‌ଲାଇନ୍ ମାଧ୍ୟମରେ ଦେଶର ବଛାବଛା ସୁନାମଧନ୍ୟ ଏବଂ ଉଚ୍ଚ ଯୋଗ୍ୟତାସଂପନ୍ନ ଶିକ୍ଷକମାନଙ୍କଠାରୁ ଶିକ୍ଷାଦାନ ପାଇବାର ସୁଯୋଗ ପାଇବେ ଏବଂ ଭବିଷ୍ୟତରେ ବିଭିନ୍ନ ପ୍ରତିଯୋଗିତାମୂଳକ ତଥା ପ୍ରବେଶିକା ପରୀକ୍ଷା ନିମନ୍ତେ ନିଜକୁ ପ୍ରସ୍ତୁତ କରିପାରିବେ। ୩ ବର୍ଷ ମଧ୍ୟରେ ବର୍ଷକୁ ଏକ ହଜାର ଛାତ୍ରଛାତ୍ରୀ ଲେଖାଏଁ ତିନି ହଜାର ଛାତ୍ରଛାତ୍ରୀ ଏହି ସୁଯୋଗ ଉପଭୋଗ କରିପାରିବେ ବୋଲି ଉନ୍ନୟନ କମିଶନର ଶ୍ରୀ ଜେନା ପ୍ରକାଶ କରିଛନ୍ତି । ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗ ପ୍ରମୁଖ ଶାସନ ସଚିବ ସତ୍ୟବ୍ରତ ସାହୁ ବୁଝାମଣାପତ୍ର ଅନୁସାରେ ପ୍ରତିଯୋଗିତାମୂଳକ ପରୀକ୍ଷାଗୁଡ଼ିକରେ ଯୋଗ୍ୟ ଛାତ୍ରଛାତ୍ରୀମାନଙ୍କର ପ୍ରବେଶିକା ପରୀକ୍ଷା ନିମନ୍ତେ ପ୍ରସ୍ତୁତ ହେବା ପାଇଁ ଅନୁପ୍ରେରିତ ତଥା ତ୍ୱରାନ୍ୱିତ କରିବା ନିମନ୍ତେ ବିଭାଗୀୟ ନିର୍ଦ୍ଦେଶକ ତଥା ଅଧିକାରୀମାନଙ୍କୁ ପରାମର୍ଶ ଦେଇଥିଲେ ।ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗ ତରଫରୁ ସମଗ୍ର ଶିକ୍ଷାର ରାଜ୍ୟ ପ୍ରକଳ୍ପ ନିର୍ଦ୍ଦେଶକ ଅନୁପମ ସାହା ଓ ଅନ୍ ଏକାଡେମୀ ତରଫରୁ ବରିଷ୍ଠ ଉପସଭାପତି ଜୟନ ମୋଦି ଉକ୍ତ ବୁଝାମଣାପତ୍ରରେ ସ୍ୱାକ୍ଷର କରିଥିଲେ। ସୂଚନା ଓ ପ୍ରଯୁକ୍ତି ବିଦ୍ୟା ବିଭାଗର ସଚିବ ମନୋଜ କୁମାର ମିଶ୍ର ଏବଂ ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗର ବରିଷ୍ଠ ନିର୍ଦ୍ଦେଶକ, ଅନ୍ୟାନ୍ୟ ଅଧିକାରୀ ତଥା ଅନ୍‌ଏକାଡେମୀ ଅନୁଷ୍ଠାନର କର୍ମକର୍ତ୍ତା ପ୍ରମୁଖ ଉକ୍ତ କାର୍ଯ୍ୟକ୍ରମରେ ଉପସ୍ଥିତ ଥିଲେ ।

# 'ଓମ୍‌ସା'ର ୬୮ତମ ବାର୍ଷିକ ସମ୍ମିଳନୀ : କେବଳ ଦେହର ଚିକିତ୍ସା ନୁହେଁ, ଆତ୍ମାର ଚିକିତ୍ସା ମଧ୍ୟ ଜରୁରୀ : ରାଜ୍ୟପାଳ

ଭୁବନେଶ୍ୱର, (ପି.ଏନ): ମଣିଷ ବସ୍ତୁତଃ ଏକ ଆତ୍ମା ଯେ ଦେହରେ ଅବସ୍ଥାନ କରେ । କେବଳ ଦେହର ଚିକିତ୍ସା ନୁହେଁ, ଆତ୍ମା ଓ ମନର ଚିକିତ୍ସା ଏକାନ୍ତ ଜରୁରୀ ବୋଲି ରାଜ୍ୟପାଳ ପ୍ରଫେସର ଗଣେଶୀ ଲାଲ ପ୍ରକାଶ କରିଛନ୍ତି । ଓଡ଼ିଶା ମେଡିକାଲ ସର୍ଭିସେସ୍ ଆସୋସିଏସନ୍ (ଓମ୍‌ସା)ର ୬୮ତମ ବାର୍ଷିକ ଉତ୍ସବରେ ଯୋଗଦେଇ ରାଜ୍ୟପାଳ ପ୍ରଫେସର ଲାଲ କହିଲେ ଯେ ଦେହ, ମନ ଓ ଆତ୍ମାକୁ ନେଇ ମଣିଷର ସ୍ଥିତି । ଏହାକୁ ସାମଗ୍ରିକ ଭାବରେ ଗ୍ରହଣ କରିବା ଦରକାର। ଆମ ଶାସ୍ତ୍ରରେ ଅନ୍ନମୟ ପ୍ରାଣ, ମନମୟ ପ୍ରାଣ, ପ୍ରଜ୍ଞାମୟ ପ୍ରାଣ ଓ ଆନନ୍ଦମୟ ପ୍ରାଣ ଆଦିର ସୂଚନା ଦିଆଯାଇଛି । ଏହାକୁ ବିଚାରକୁ ନେଇ ଏକ ପରିପୂର୍ଣ୍ଣ ଚିକିତ୍ସା ପଦ୍ଧତି ପ୍ରୟୋଗ କରିବା ବାଞ୍ଛନୀୟ । ସଂଗୀତ ଭଳି ଅଭିନବ ପ୍ରୟୋଗ ଚିକିତ୍ସାଧାରାରେ ଉପଯୋଗ କରିବାକୁ ରାଜ୍ୟପାଳ ପରାମର୍ଶ ଦେଇଥିଲେ । 'ଓମ୍‌ସା'ର ରାଜ୍ୟ ସଭାପତି ଡ. ନାରାୟଣ ରାଉତ, ସାଧାରଣ ସଂପାଦକ ଡ. ବିଶ୍ୱଜିତ୍ ସାମଲ, ସଂଗଠନ କମିଟିର ଅଧ୍ୟକ୍ଷ ଡ. ନୀଳକଣ୍ଠ ମିଶ୍ର, ସ୍ୱାସ୍ଥ୍ୟସେବା ନିର୍ଦ୍ଦେଶକ ଡ. ବିଜୟ କୁମାର ମହାପାତ୍ର, ଡ. ଅଜୟ ପରିଡ଼ା ପ୍ରମୁଖ କରୋନାକାଳୀନ ସ୍ଥିତିର ସମାଧାନରେ ଡାକ୍ତରମାନଙ୍କ ଭୂମିକା ସଂପର୍କରେ ଆଲୋଚନା କରିଥିଲେ ।

# ରାଜ୍ୟ ଖାଦ୍ୟ ଆୟୁକ୍ତଙ୍କ କେନ୍ଦ୍ରାପଡା ଗସ୍ତ

କେନ୍ଦ୍ରାପଡ଼ା,(ପି.ଏନ) : ରାଜ୍ୟ ଖାଦ୍ୟ ଆୟୁକ୍ତ ପ୍ରମୋଦ କୁମାର ମେକାପ ଦିନିକିଆ କେନ୍ଦ୍ରାପଡା ଗସ୍ତରେ ଆସି ବୁଧବାର ଏଠାରେ ପହଞ୍ଚିବା ପରେ ପ୍ରଥମେ ଖମାର କେଶପୁର, ଜଜାଙ୍ଗ ଅଙ୍ଗନଓ୍ୱାଡି ଓ ନ୍ୟୁଟ୍ରିସନ ଗାର୍ଡେନ ପରିଦର୍ଶନ କରି ଅଙ୍ଗନଓ୍ୱାଡି କର୍ମୀ ଓ ସ୍ୱେଚ୍ଛାସେବୀ ମହିଳାମାନଙ୍କ ସହ ଶିଶୁ ପୃଷ୍ଟି ସାଧନ ପାଇଁ ସରକାରଙ୍କ ଦ୍ୱାରା କାର୍ଯ୍ୟକାରୀ ହେଉଥିବା ଯୋଜନାର ସଫଳ ରୂପାୟନ ସମ୍ପର୍କରେ ଆଲୋଚନା କରିଥିଲେ। ଏଥିସହିତ ସେଠାରେ ଶିଶୁମାନଙ୍କ ଓଜନ ପରଖିଥିଲେ। ଏହାପରେ ତରାଣ୍ଡୋସ୍ଥିତ ରାଜକିଶୋର ପଣ୍ଡାଙ୍କ ଖୁଚୁରା ବୀକ୍ରୟ କେନ୍ଦ୍ର ପରିଦର୍ଶନ ପରେ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ କାର୍ଯ୍ୟକାରୀ ହେଉଥିବା ଶିଶୁ ପୃଷ୍ଟି ପୁନର୍ବାସ କେନ୍ଦ୍ର ପରିଦର୍ଶନ ସହ ପୃଷ୍ଟିହୀନ ଶିଶୁମାନଙ୍କ ସ୍ୱାସ୍ଥ୍ୟାବସ୍ଥା ପଚାରି ବୁଝିଥିଲେ। ଗରଦପୁର ବ୍ଲକ ଅଧିନସ୍ଥ ପାଖଡ ଠାରେ ଥିବା ଅଙ୍ଗନଓ୍ୱାଡି କେନ୍ଦ୍ର, ନ୍ୟୁଟ୍ରିସନ ଗାର୍ଡେନ ଓ ଖୁଚୁରା ବୀକ୍ରୟ କେନ୍ଦ୍ର ପରିଦର୍ଶନ କରି ଜନସାଧାରଣଙ୍କ ସହ ଆଲୋଚନା କରି ସେମାନଙ୍କ ମତାମତ ଗ୍ରହଣ କରିଥିଲେ। ଆୟୁକ୍ତଙ୍କ ଗସ୍ତ କାର୍ଯ୍ୟକ୍ରମରେ ଜିଲ୍ଲା ଗ୍ରାମ୍ୟ ଉନ୍ନୟନ ସଂସ୍ଥା ପ୍ରକଳ୍ପ ନିର୍ଦ୍ଦେଶକ ରାଜେନ୍ଦ୍ର କୁମାର ପଣ୍ଡା, ଉପଜିଲ୍ଲାପାଳ ନିରଞ୍ଜନ , କେନ୍ଦ୍ରାପଡା ବିଡିଓ ଅଶ୍ୱିନୀ କୁମାର ଦାସ, ବେଷାମରିକ ଯୋଗାଣ ଅଧିକାରୀ ପ୍ରଶାନ୍ତ କୁମାର ଗନ୍ତାୟତ, ଜିଲ୍ଲା ସମାଜ କଲ୍ୟାଣ ଅଧିକାରିଣୀ ଚିନ୍ମୟୀ ରଥ, ଜିଲ୍ଲା ସମାଜିକ ସୁରକ୍ଷା ଅଧିକାରୀ ପ୍ରଭାସ ଚନ୍ଦ୍ର ଦାସ, ମମତା ଯୋଜନାର ଜିଲ୍ଲା ପ୍ରକଳ୍ପ ସଂଯୋଜକ ମନୋରଞ୍ଜନ ଦାସ, ଓଡିଶା ଜୀବିକା ମିଶନର ଜିଲ୍ଲା ପ୍ରକଳ୍ପ ପରିଚାଳିକା ସତ୍ୟଭାମା ପ୍ରଧାନ ପ୍ରମୁଖ ଉପସ୍ଥିତ ଥିଲେ।

# ନାଟ୍ୟକାର ସୁରେଶ ବରାଳଙ୍କ ବିୟୋଗରେ ଶ୍ରଦ୍ଧାଞ୍ଜଳି ସଭା

କେନ୍ଦ୍ରାପଡ଼ା, (ପି.ଏନ): କେନ୍ଦ୍ରାପଡା ଜିଲ୍ଲାର ଗରଦପୁର ବ୍ଲକ ଅନ୍ତର୍ଗତ ବନ୍ତଳା ପଞ୍ଚାୟତର କୁଷିଦା ଗ୍ରାମର ନାଟ୍ୟ ନିର୍ଦ୍ଦେଶକ ସ୍ୱର୍ଗତ ସୁରେଶ ବରାଳଙ୍କ ଏକାଦଶାହ ଉପଲକ୍ଷେ ଏକ ଶ୍ରଦ୍ଧାଞ୍ଜଳି ସଭା ଅନୁଷ୍ଠିତ ହୋଇଯାଇଛି। ଜିଲ୍ଲା ପରିଷଦ ସଭ୍ୟ ସନ୍ତୋଷ କୁମାର ଜେନାଙ୍କ ପୌରହିତ୍ୟରେ ଅନୁଷ୍ଠିତ ଏହି ଶ୍ରଦ୍ଧାଞ୍ଜଳି ସଭାରେ ମୁଖ୍ୟ ଅତିଥି ଭାବେ ମଧ୍ୟବିତ୍ତ ପରିବାର ସଙ୍ଘର ଜିଲ୍ଲା ସଭାପତି ନିରଞ୍ଜନ ପରିଡା, ସମ୍ମାନୀତ ଅତିଥି ଭାବେ ପୂର୍ବତନ ସରପଞ୍ଚ ଅଶୋକ କୁମାର ଜେନା ଯୋଗଦେଇ ସ୍ୱର୍ଗତ ବରାଳଙ୍କ ପ୍ରତି ଶ୍ରଦ୍ଧାସୁମନ ଅର୍ପଣ କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ କଳାକାର ଗୌରାଙ୍ଗ ମହାନ୍ତି, ପଣ୍ଡିତ ଅରୁଣ କୁମାର ନାୟକ, ସାମ୍ବାଦିକ ଅରୁଣ ମହାପାତ୍ର, ଧନେଶ୍ୱର ପଟ୍ଟନାୟକ, ସନ୍ତୋଷ ରାଉତରାୟ, ଚିତ୍ତରଞ୍ଜନ ତରାଇ ପ୍ରମୁଖ ଯୋଗଦେଇ ସ୍ୱର୍ଗତ ବରାଳଙ୍କ ସ୍ମୃତିଚାରଣ କରିଥିଲେ।

## ଆଶାସାଥି ସଂଘ ପକ୍ଷରୁ ମୁଖ୍ୟମନ୍ତ୍ରୀଙ୍କ ଉଦ୍ଦେଶ୍ୟରେ ଦାବିପତ୍ର

କେନ୍ଦ୍ରାପଡା,(ପିଏନ)-ଭାରତୀୟ ମଜଦୁର ସଂଘ ସଂଲଗ୍ନ ରାଜ୍ୟ ଆଶାସାଥି ସଂଘ କେନ୍ଦ୍ରାପଡା ଜିଲ୍ଲା ଶାଖା ପକ୍ଷରୁ ୮ଦଫା ଦାବି ପୂରଣ ପାଇଁ ମାନ୍ୟବର ମୁଖ୍ୟମନ୍ତ୍ରୀଙ୍କୁ ଦାବିପତ୍ର ଜିଲ୍ଲାପାଳଙ୍କ ଜରିଆରେ ପ୍ରଦାନ କରାଯାଇଛି । ଭାରତୀୟ ମଜଦୁର ସଂଘର ଜିଲ୍ଲା ସଭାପତି ପ୍ରଭାତ ପାଣି, ସଂପାଦକ ପ୍ରଶାନ୍ତ କୁମାର ତ୍ରିପାଠୀ ଓ ଅରୁଣ କୁମାର ସିଂହଙ୍କ ସମେତ ଆଶାସାଥି ସଭାପତି ମଞ୍ଜୁଲତା ସାମଲ, ସଂପାଦିକା ରାଜଲକ୍ଷ୍ମୀ ସୁତାର, ମଧୁସ୍ମିତା ଓଝା, ସୁଜାତା ରାଉତ ଓ ମନୋରମା ମହାପାତ୍ର ପ୍ରମୁଖ ଜିଲ୍ଲାପାଳ ସମର୍ଥ ବର୍ମାଙ୍କୁ ଭେଟି ଦାବିପତ୍ର ପ୍ରଦାନ କରିଛନ୍ତି । ଦାବି ଗୁଡିକ ମଧ୍ୟରୁ ଆଶାସାଥି ମାନଙ୍କୁ ସରକାରୀ ମାନ୍ୟତା ପ୍ରଦାନ, କେନ୍ଦ୍ର ସରକାରଙ୍କ ଘୋଷଣା ଅନୁଯାୟୀ ମାସିକ ୬ ହଜାର ଟଙ୍କା ପ୍ରଦାନ, ସାଥି ମାନଙ୍କ ପାଇଁ ଡ୍ରେସ୍ କୋଡ ଲାଗୁ କରିବା, ଦକ୍ଷତା ବୃଦ୍ଧି ପାଇଁ ତାଲିମ ଦେବା, ଆଶାସାଥି ମାନଙ୍କୁ ବୀମା ଭୁକ୍ତ କରି ମୃତ୍ୟୁକାଳୀନ ସହାୟତା ପ୍ରଦାନ କରିବା, ପ୍ରଧାନମନ୍ତ୍ରୀ ଜୀବନ ଜ୍ୟୋତି ଯୋଜନା ଓ ପ୍ରଧାନମନ୍ତ୍ରୀ ସୁରକ୍ଷା ବୀମା ଯୋଜନା ଲାଗୁ କରିବା, ଆୟୁଷ୍ମାନ ଭାରତ ଚିକିତ୍ସା ବୀମାରେ ଆଶାସାଥିଙ୍କୁ ଅର୍ନ୍ତଭୁକ୍ତ କରିବା ଓ କୋଭିଡ-୧୯ ଯୋଦ୍ଧା ଭାବେ ଏମାନଙ୍କୁ ପ୍ରୋତ୍ସାହନ ରାଶି ଓ ସୁରକ୍ଷା ପ୍ରଦାନ କରିବା ଆଦି ପ୍ରମୁଖ ଦାବି ରହିଛି ।

# ୨୯ରେ ଓଡ଼ିଶା ବେସରକାରୀ ଅଧ୍ୟାପକଙ୍କ ପଦଯାତ୍ରା

ବାଲେଶ୍ୱର,(ପି.ଏନ): ପରବର୍ତ୍ତୀ ଓଡ଼ିଶା ବେସରକାରୀ ଅଧ୍ୟାପକ କର୍ମଚାରୀ ସଂଘ ଦ୍ୱାରା ଯୋଗ ଦେଇଥିବା କର୍ମଚାରୀ ମାନଙ୍କୁ ସରକାରୀ ଅନ୍ତର୍ଭୁକ୍ତ ଦାବି ରଖି ଆନ୍ଦୋଳନକୁ ଓହ୍ଲାଇଛନ୍ତି। ଆଜି ବାଲେଶ୍ୱର ଜିଲ୍ଲାପାଳଙ୍କ କାର୍ଯ୍ୟାଳୟରୁ ବାହାରି ଅସନ୍ତା ୨୯ତାରିଖରେ ଭୁବନେଶ୍ୱର ପଦଯାତ୍ରା କରି ରାଜ୍ୟ ସରକାରଙ୍କୁ ଦାବିପତ୍ର ପ୍ରଦାନ କରିବେ ବୋଲି ଅଭିଯୋଗ ଜଣାଇଛନ୍ତି। ଏଥିରେ ବାଲେଶ୍ୱର ଜିଲ୍ଲା ସଂଯୋଜଗ ପ୍ରିୟବ୍ରତ ମହାପାତ୍ର, ଜିଲ୍ଲା ସଂଯୋଜକ ତାପସ ପାତ୍ର, ସତ୍ୟ କୁମାର ଦତ୍ତ, ଔପଦା ସଂଯୋଜଗ ସୌମେନ୍ଦ୍ର ମିର୍ଦ୍ଧା, ଦିନକୃଷ୍ଣ ପାତ୍ର, ପ୍ରଫୁଲ୍ଲ କୁମାର ପାତ୍ର ପ୍ରମୁଖ ଉପସ୍ଥିତ ଥିଲେ। ଆଜି ସଂଘର ଏକ ପ୍ରତିନିଧି ଦଳ ବାଲେଶ୍ୱରରୁ ବାହାରି କଟକ ଫୁଲ ନଖରା ପହଞ୍ଚିବେ ସେଠାରୁ ୨୯ ନଭେମ୍ବର ଦିନ ରାଜ୍ୟର ଅନ୍ୟ ଜିଲ୍ଲାରୁ ଆସିଥିବା ପ୍ରତିନିଧି ମଣ୍ଡଳଙ୍କ ସହ ମିଶି ମିଳିତ ଭାବେ ଏକ ଶୋଭା ଯାତ୍ରାରେ ଭୁବନେଶ୍ୱର ଗ୍ରସ୍ତ କରିବେ ବୋଲି ସୂଚନା ଦେଇଥିଲେ।

# ବାଲିଘାଟ ନିଲାମ ବନ୍ଦ ପାଇଁ ହାଇକୋର୍ଟରେ ମାମଲା

କୋରେଇ, (ପିଏନ)- ଯାଜପୁର ଜିଲ୍ଲା କୋରାଇ ବ୍ଲକ ମୂଳାପାଳ ପଂଚାୟତ ଅନ୍ତର୍ଗତ ରଣପାଳ ଓ ଧନତ୍ରୀ ମୌଜାର ବୈତରଣୀ ନଦୀରେ ବାଲିଘାଟ ନିଲାମ ପାଇଁ ରାଜସ୍ୱ ବିଭାଗ ପକ୍ଷରୁ ବିଜ୍ଞପ୍ତି ପ୍ରକାଶ ପାଇଥିଲା । ରଣପାଳ ଓ ଧନତ୍ରୀ ବାଲିଘାଟ ନିଲାମ ନକରିବାକୁ ଗ୍ରାମବାସୀଙ୍କ ପକ୍ଷରୁ ଜିଲ୍ଲାପାଳଙ୍କ ଠାରୁ ଆରମ୍ଭ କରି ତହସିଲଦାରଙ୍କ ପର୍ଯ୍ୟନ୍ତ ସମସ୍ତଙ୍କୁ ପତ୍ର ମାଧ୍ୟମରେ ଜଣାଇ ଦିଆଯାଇଥିଲା । ପରେ ଦୁଇ ରଣପାଳ ଓ ଧନତ୍ରୀ ବାଲିଘାଟ ନିଲାମ ବନ୍ଦ କରିବା ନେଇ ଗ୍ରାମବାସୀ ହାଇକୋର୍ଟର ଦ୍ୱାରସ୍ଥ ହୋଇଥିଲେ । ଏନେଇ ଡବ୍ଲ୍ୟୁ. ପି. (ସି) ୨୨୭୨୫ରେ ମାମଲା ରୁଜୁ କରାଯାଇଛି । ବୈତରଣୀ ନଦୀର ଏହି ବାଲିଘାଟ ନିଲାମ ଦ୍ୱାରା ନଦୀବନ୍ଧ ପ୍ରତି ବିପଦ ସହ ବନ୍ୟାପ୍ଲାବିତ ଏହି ପଂଚାୟତର କ୍ଷିରୋ, ସରସଦା ଧନତ୍ରୀ, ଗୋବିନ୍ଦପୁର, ରଣପାଳ ସମେତ ଅନେକ ଗ୍ରାମ କ୍ଷତିଗ୍ରସ୍ତ ହେବାର ସମ୍ଭାବନା ସୃଷ୍ଟି ହୋଇଛି । ତେଣୁ ବିପଦ ଦୃଷ୍ଟିରୁ ଏହି ନିଲାମ ବନ୍ଦ କରିବାକୁ ଅଭିଯୋଗରେ ଦର୍ଶାଯାଇଛି । ଏହା ସହିତ ନଦୀ ପଠାରେ ଥିବା ବିଭିନ୍ନ ଦେବାଦେବୀ ମନ୍ଦିର କ୍ଷତିଗ୍ରସ୍ତ ହେବ ।

ଏନେଇ ରଣପାଳ ଗ୍ରାମର କିଶୋର ଚନ୍ଦ୍ର ପାଳ, କାର୍ତିକ ଚନ୍ଦ୍ର ପଣ୍ଡା, ଅଭିମନ୍ୟୁ ପାଳ, ଉପେନ୍ଦ୍ର ବେହେରା, ପ୍ରତାପ ମଲ୍ଲିକ, ଦୁର୍ଗାପ୍ରସାଦ ପଣ୍ଡା ପ୍ରମୁଖ ଓଡିଶା ସରକାର ପଂଚାୟତରାଜ ପ୍ରିନିସପାଲ ସେକ୍ରେଟାରୀ, ରାଜସ୍ୱ ଓ ପ୍ରାକୃତିକ ବିପର୍ଯ୍ୟୟ ପ୍ରିନିସିପାଲ ସେକ୍ରେଟାରୀ, କଲେକ୍ଟର ଯାଜପୁର, ସବକଲେକ୍ଟର ଯାଜପୁର ଓ ତହସିଲଦାରଙ୍କୁ ପକ୍ଷଭୁକ୍ତ କରାଯାଇ ହାଇକୋର୍ଟରେ ମାମଲା ରୁଜୁ କରିଛନ୍ତି । ପରବର୍ତି ଶୁଣାଣୀ ପର୍ଯ୍ୟନ୍ତ ନିଲାମ ବନ୍ଦ କରିବାକୁ ହାଇକୋର୍ଟ ଜିଲ୍ଲାପାଳ ଯାଜପୁରଙ୍କୁ ଅବଗତ କରିଛନ୍ତି ।

# ବାଙ୍ଗିରିପୋଷିରେ ଅଟୋକୁ ଟ୍ରକ ପଛରୁ ଧକ୍କା ଦେଲା, ୨ ମୃତ, ୧୦ ଗୁରୁତର

ବାରିପଦା, (ପିଏନ)- ମୟୂରଭଞ୍ଜ ଜିଲ୍ଲା ୪୯ ନମ୍ବର ଜାତୀୟ ରାଜପଥର ବାଙ୍ଗିରିପୋଷି ଦ୍ୱାରଶୁଣି ଘାଟିରେ ଆଜି ପୂର୍ବାହ୍ନରେ ମର୍ମନ୍ତୁଦ ଦୁର୍ଘଟଣା ଘଟିଛି। ଏକ ଅଟୋକୁ ପଛ ପଟୁ ଧକ୍କା ଦେଇ ଟ୍ରକ୍ ଓଲଟିବାରୁ ଘଟଣାସ୍ଥଳରେ ୨ ଜଣଙ୍କ ମୃତ୍ୟୁ ହୋଇଛି । ମୃତକଙ୍କ ମଧ୍ୟରେ ଜଣେ ସ୍କୁଲ ଛାତ୍ର ଓ ଅନ୍ୟ ଜଣେ ଅଭିଭାବକ ଥିବା ସୂଚନା ମିଳିଛି ।ସୂଚନାଯୋଗ୍ୟ, ଆଜି ସକାଳେ ମଧ୍ୟାହ୍ନ ଭୋଜନ ଚାଉଳ ଆଣିବାକୁ ବିଶୋଇ ବ୍ଲକର ଦୋପଚା ଗାଁରୁ ଶୁଳିଆପଦା ଅଭିମୁଖେ ଏକ ଅଟୋରେ ୧୨ ଜଣ ଯାତ୍ରୀ ଯାଉଥିଲେ । ସେମାନଙ୍କ ମଧ୍ୟରେ ୪ ଜଣ ମହିଳା, ୪ ଜଣ ପୁରୁଷ ଓ ୪ ଜଣ ୧୦ରୁ ୧୨ ବର୍ଷ ମଧ୍ୟରେ ପିଲା ଥିଲେ । ସେମାନେ ନିଜ ଗାଁରୁ ପ୍ରାୟ ୨୦ କିଲୋମିଟର ଆସିବା ପରେ ବାଙ୍ଗିରିପୋଷି ଘାଟିରେ ଦୁର୍ଘଟଣାର ସମ୍ମୁଖୀନ ହୋଇଥିଲେ ।ଅଟୋଟି ବାଙ୍ଗିରିପୋଷି ଘାଟିରେ ଓହ୍ଲାଉଥିବା ବେଳେ ଦ୍ରୁତ ଗତିରେ ଆସୁଥିବା ଏକ ଟ୍ରକ୍ ଅଟୋକୁ ପଛ ପଟୁ ପିଟି କିଛି ଦୂରକୁ ଘୋଷାରି ନେଇଥିଲା । ଏହାପରେ ଟ୍ରକଟି ଭାରସାମ୍ୟ ହରାଇ ରାସ୍ତା ପାର୍ଶ୍ୱକୁ ଓଲଟି ପଡ଼ିଥିବା ବେଳେ ଅଟୋରେ ଥିବା ଯାତ୍ରୀଙ୍କ ମଧ୍ୟରୁ ଘଟଣାସ୍ଥଳରେ ୨ ଜଣଙ୍କ ମୃତ୍ୟୁ ହୋଇଥିଲା । ମୃତକଙ୍କ ମଧ୍ୟରେ ଜଣେ ପିଲା ଓ ଜଣେ ପୁରୁଷ ଅଛନ୍ତି । ଖବର ପାଇ ବାଙ୍ଗିରିପୋଷି ପୁଲିସ୍ ଓ ଅଗ୍ନିଶମ ବାହିନୀ କର୍ମଚାରୀ ଘଟଣାସ୍ଥଳରେ ପହଂଚି ତୁରନ୍ତ ଅନ୍ୟ ଆହତମାନଙ୍କୁ ବାଙ୍ଗିରିପୋଷି ମେଡିକାଲରେ ଭର୍ତି କରିଥିଲେ । ସେଠାରେ ପ୍ରାଥମିକ ଚିକିତ୍ସା ପରେ ସେମାନଙ୍କୁ ବାରିପଦା ପିଆରଏମ ମେଡିକାଲକୁ ପଠାଇ ଦେଇଛି । ଦୁର୍ଘଟଣା ଘଟାଇ ଟ୍ରକ୍ ଡ୍ରାଇଭର ଓ ହେଲପର ଟ୍ରକ ଛାଡି ଫେରାର ହୋଇଯାଇଥିବା ଜଣାଯାଇଛି ।

# କନ୍ଧମାଳ ଜିଲ୍ଲାର ଖଜୁରିପଡାରେ ମା ଗୃହ ଉଦଘାଟିତ

କନ୍ଧମାଳ,(ପିଏନ)- କନ୍ଧମାଳ ଜିଲ୍ଲା ବାଲିଗୁଡାର ସ୍ୱେଚ୍ଛାସେବୀ ଅନୁଷ୍ଠାନ ବନବାସୀ ସେବା ସମିତିର ପରିଚାଳନାରେ ଏବଂ ଜାତୀୟ ସ୍ୱାସ୍ଥ୍ୟ ମିଶନ କନ୍ଧମାଳ ସହାୟତାରେ ଏକ ନୂତନ ମା ଗୃହ କନ୍ଧମାଳ ଜିଲ୍ଲାର ଖଜୁରିପଡାଠାରେ ଉଦଘାଟିତ ହୋଇଯାଇଛି । ଏହି ଏଦଘାଟନୀ କାର୍ଯ୍ୟକ୍ରମ କୋଭିଡ ନିୟମ ଅନୁସାରେ ଆୟୋଜିତ ହୋଇଥିଲା । କାର୍ଯ୍ୟକ୍ରମର ମୁଖ୍ୟ ଅତିଥି ଭାବରେ ଜିଲ୍ଲା ସମାଜ ମଙ୍ଗଳ ଅଧିକାରୀ ଶ୍ରୀମତୀ ମନସ୍ୱିନି ମିଶ୍ର ଯୋଗ ଦେଇ ଏହାର ଶୁଭ ଉଦଘାଟନ କରିଥିଲେ । ଏହି ଅବସରରେ ଜାତୀୟ ସ୍ୱାସ୍ଥ୍ୟ ମିଶନ କନ୍ଧମାଳର କାର୍ଯ୍ୟକ୍ରମ ପରିଚାଳକ ମନରଞ୍ଜନ ସାହୁ,ଖଜୁରିପଡାର ଡା.ନିମାଇଁ ଚରଣ ବିଶି,ଜିଲ୍ଲା ଶିଶୁ ସୁରକ୍ଷା ଅଧିକାରୀ ରଶ୍ମିତା କରଣ,ଖଜୁରିପଡା ସମନ୍ୱିତ ଶିଶୁ ବିକାଶ ଅଧିକାରୀଣୀ ଗୀତାରାଣୀ ପଣ୍ଡା,ବନବାସୀ ଅନୁଷ୍ଠାନର ସମ୍ପାଦକ ଉତ୍ସବଚନ୍ଦ୍ର ଜେନା,ସହ-ସମ୍ପାଦକ ରବିନ୍ଦ୍ର କୁମାର ପଣ୍ଡା,ଚାଇଲ୍ଡଲାଇନର ସମସ୍ତ କର୍ମକର୍ତା ଓ ସଦସ୍ୟ ମାନେ ,ସଖିର ସଦସ୍ୟା ଓ ମା ଗୃହର ସମସ୍ତ କର୍ମକର୍ତାଙ୍କ ସମେତ ଅଂଚଳର ଲୋକମାନେ ଉପସ୍ଥିତ ଥିଲେ । ଏଠାରେ ଏହି ବ୍ଲକରେ ଥିବା ଦୁର୍ଗମ ଅଂଚଳର ଗର୍ଭବତୀ ମା ମାନେ ସେମାନଙ୍କର ପ୍ରସବ ପୂର୍ବରୁ ସେଠାରେ ଆସି ରହିବା ସହିତ ସେମାନଙ୍କୁ ଆବଶ୍ୟକୀୟ ଚିକିତ୍ସା ମାଗଣାରେ ପ୍ରଦାନ କରାଯିବା ସହିତ ସେମାନେ କିପରି ସୁସ୍ଥ ମାନସିକତାରେ ରହି ସଠିକ୍ ଭାବରେ ପ୍ରସବ କରି ପାରିବେ ସେଥିପାଇଁ ସେମାନଙ୍କ ପାଇଁ ପୌଷ୍ଟିକ ଖାଦ୍ୟପେୟ ସହିତ ମନରଞ୍ଜନ ପାଇଁ ମଧ୍ୟ ଆବଶ୍ୟକୀୟ ବ୍ୟବସ୍ଥା କରାଯାଇ ଥିବା ନେଇ ବନବାସୀ ଆନୁଷ୍ଠାନର ସହ-ସମ୍ପାଦକ ରବିନ୍ଦ୍ର କୁମାର ପଣ୍ଡା ସୁଚନା ଦେଇଛନ୍ତି ।

# ଶିକ୍ଷା ସମେତ ବିଭିନ୍ନ ବିକାଶ ଦିଗରେ ସଚେତନତାର କାର୍ଯ୍ୟକ୍ରମ

କନ୍ଧମାଳ,(ପିଏନ)-କନ୍ଧମାଳ ଜିଲ୍ଲାର ଅଗ୍ରଣୀ ଅନୁଷ୍ଠାନ ଗୁଡ୍ ସୁମରିଟାନ୍ ଓ ଅନ୍ତରଙ୍ଗ କନ୍ଧମାଳ ପକ୍ଷରୁ ପୋଷଣ ଅଭିଯାନ ଓ କରୋନା ସଚେତନତା କାର୍ଯ୍ୟକ୍ରମ ଚକାପାଦ ବ୍ଲକର ନନ୍ଦିନୀ, ପସରା, ବରପଲ୍ଲୀ ଓ ଘୁ ଉଦୟଗିରି ବ୍ଲକର କଡିକାଡୁ ଗ୍ରାମରେ କରୋନା ଭୁତାଣୁ ସଂକ୍ରମଣ ରୋଗର ସଚେତନତା ଓ ସର୍ତକତାର ବାର୍ତା ପହଂଚାଇବା ସହ ୭୦୦ ଶହରୁ ଅଧିକା ମାସ୍କ ବଂଟନ କରିବା ସହ ବ୍ୟବହାର କରିବା କୋଭିଡ ନିୟମକୁ ପାଳନ ପାଇଁ ପର୍ବତାଇବ.ଶିଶୁ ଶିକ୍ଷାକୁ ଉତ୍ସାହିତ କରିବା,ବାଲ୍ୟ ବିବାହ ବନ୍ଦ କରିବା ପାଇଁ "ବାଲ୍ୟ ବିବାହକୁ ନା କହିବା ଓ ପାଠ ପଢ଼ାକୁ ହଁ କହିବା"ନାରା ଦେଇଛନ୍ତି ଗାଁର କିଶୋର କିଶୋରୀ ମାନେ ଓ ଗାଁ ଲୋକମାନେ । ମହାମାରୀ ସମୟରେ ନିଜନିଜକୁ ସତର୍କ କରି ସୁରକ୍ଷିତ ରହିଲେ ନିଜ ପରିବାର ସୁରକ୍ଷିତ ରହିବ ଓ ନିଜ ଅଂଚଳ ସୁରକ୍ଷିତ ହେବା ସହ ଗାଁରେ କୌଣସି ବ୍ୟକ୍ତି କରୋନା ରୋଗରେ ଆକ୍ରାନ୍ତ ହେବେ ନାହିଁ ଓ ଏହି ସମୟରେ ଛୋଟ ଛୋଟ ଶିଶୁ ମାନଙ୍କୁ ଓ କିଶୋର କିଶୋରୀ ଓ ଗର୍ଭବତୀ ମହିଳାଙ୍କ ପାଇଁ ପୋଷକତତ୍ତ୍ୱର ଅଭାବ ଦେଖାଯାଇଥିବାର ସୁଚନା ଅନୁମାନ କରାଯାଇଛି ।ଯାହ ପାଇଁ ଆମକୁ ସାବଧାନତା ଅବଲମ୍ବନ କରି ପୋଷକ ତତ୍ତ୍ୱର ଖାଦ୍ୟ ପଦାର୍ଥ ଖାଇବା ଆବଶ୍ୟକତା ରହିଛି ବୋଲି ଅନ୍ତରଙ୍ଗ ଯୁବ ମାହାସଂଘର ସମ୍ପାଦକ ହୃଷିକେଶ ପ୍ରଧାନ ବୁଝେଇଥିଲେ ।ମହାମାରୀ ପାଇଁ ସ୍କୁଲ କଲେଜ ଗୁଡିକ ବନ୍ଦ ରହିଥିବା ଫଳରେ ଛାତ୍ରଛାତ୍ରୀ ମାନଙ୍କ ପାଠପଢ଼ାରେ ବ୍ୟାଘାତ ଶୃଷ୍ଟି ହେଉଛି ।ଏହାର ସମାଧାନ ଆମ ନିଜ ପାଖରେ ଅଛି ।ଯାହାକି ନିଜେ ପାଠ ପଢ଼ିବା ଅଭ୍ୟାସ ରଖିବାକୁ ପଡିବ ଓ ଆଗାମୀ ଦିନରେ ମଧ ପଢ଼ିବା ପାଇଁ ଅନ୍ୟ ଭାଇଭଉଣୀଙ୍କୁ ମଧ୍ୟ ପ୍ରବର୍ତାଇବା ଉଚିତ ବୋଲି ବାଲ୍ୟ ବିବାହ ପ୍ରତିରୋଧ ମଂଚର ସମ୍ପାଦିକା ବିଷ୍ଣୁ ପ୍ରିୟା ପ୍ରଧାନ କହିଛନ୍ତ ।

## ସ୍କର୍ପିଓ ଧକ୍କାରେ ଦୁଇ ସ୍କୁଟି ଆରୋହୀ ଆହତ

କୋରେଇ,(ପିଏନ)- ପାଣିକୋଇଲି ଥାନା ଅନ୍ତର୍ଗତ ୨୦ ନମ୍ବର ଜାତୀୟ ରାଜପଥର ତୁଳସୀ ପେଟ୍ରୋଲ ପମ୍ପ ନିକଟରେ ଭୁବନେଶ୍ୱରରୁ ନିଜଗ୍ରାମ କେଉଁଝର ଜିଲ୍ଲା ପାଟଣା ଥାନା ଅନ୍ତର୍ଗତ ବାଇଁଶିରା ଗ୍ରାମକୁ ଏକ ସ୍କୁଟି( ଓଡ଼ି୩୩କେ୨୭୭୭)ରେ ଯାଉଥିବା ଦାମୁ ଚମ୍ପିଆଙ୍କ ଦୁଇ ପୁଅ କେଦାର ଓ କୀର୍ତନଙ୍କୁ ଏକ ଦ୍ରୁତଗାମୀ ସ୍କର୍ପିଓ ସାଇଡ଼ ମାରିଦେବାରୁ ଦୁଇ ଭାଇ ରାସ୍ତା ଡ଼ିଭାଇଡ଼ର ଉପରେ ପଡ଼ି ଆହତ ହୋଇଥିଲେ ।

# ମୃତ ଏବଂ ଅବସରପ୍ରାପ୍ତ ଶିକ୍ଷକଙ୍କୁ ପଦୋନ୍ନତି

କଣାସ, (ପିଏନ)- ରାଜ୍ୟ ମାଧ୍ୟମିକ ଶିକ୍ଷା ନିର୍ଦ୍ଦେଶକଙ୍କ ପକ୍ଷରୁ ହାଇସ୍କୁଲ ଶିକ୍ଷକମାନଙ୍କର ପଦୋନ୍ନତି ସମ୍ପର୍କିତ ସରକାରୀ ତାଲିକା ପ୍ରକାଶ ପାଇଛି । କିନ୍ତୁ ଏହି ତାଲିକାର ସଠିକତା ନେଇ ବୁଦ୍ଧିଜୀବି ମହଲରେ ପ୍ରଶ୍ନବାଚୀ ସୃଷ୍ଟି କରିଛି । କାରଣ ଏହି ତାଲିକାରେ କଣାସ ବ୍ଲକରୁ ଜଣେ ଶିକ୍ଷକଙ୍କ ମୃତ୍ୟୁ ହୋଇଯାଇଥିବା ବେଳେ ଅନ୍ୟ ଜଣେ ୯ ମାସ ହେଲା ଅବସର ନେଇଯାଇଥିବା ବେଳେ ସେମାନଙ୍କୁ ପଦୋଉନ୍ନତି ଦିଆଯାଇଥିବା ଜଣାପଡିଛି । ରାଜ୍ୟ ମାଧ୍ୟମିକ ଶିକ୍ଷା ନିର୍ଦ୍ଦେଶାଳୟ ପକ୍ଷରୁ ଚିଠି ନଂ- ୧୯୦୭୦ ତାରିଖ ୧୧.୦୯.୨୦୨୦ରିଖରେ ପୁରୀ ଜିଲ୍ଲାର ୯୨ ଜଣ କନିଷ୍ଠ ବର୍ଗ ଶିକ୍ଷକ ଶିକ୍ଷୟତ୍ରୀଙ୍କୁ ପଦୋନ୍ନତି ମିଳିଛି । ଉପୋଉନ୍ନତି ସାଙ୍ଗକୁ ସେମାନଙ୍କୁ ସେହି ବିଦ୍ୟାଳୟ ଅଥବା ଅନ୍ୟ ବିଦ୍ୟାଳୟରେ ପ୍ରଧାନ ଶିକ୍ଷକ ଭାବେ ନିଯୁକ୍ତି ପ୍ରଦାନ କରାଯାଇଛି । କିନ୍ତୁ, ଏହି ତାଲିକାର କ୍ରମିକ ନଂ-୫୮ରେ ଥିବା ଜମ୍ମେଶ୍ୱର ସାମନ୍ତରାୟ ଗଡସାନପୁଟ ହାଇ ସ୍କୁଲରୁ ଗତ ଜାନୁଆରି ମାସରେ ଅବସର ନେଇଯାଇଥିବା ବେଳେ ସେହି ତାଲିକାର କ୍ରମିକ ନଂ-୬୧ରେ ଥିବା କାଦୁଆଖାଟ ଏକାଡେମୀର ରମେଶ ଚନ୍ଦ୍ର ମିଶ୍ର ଗତ ବର୍ଷ ମଇ ମାସରେ ଆରପାରିକୁ ଚାଲିଗଲେଣି । ଅବସର ନେବା ୮ମାସ ଅଥବା ମୃତର ଦେଢ ବର୍ଷପରେ ସରକାରୀ ନିର୍ଦ୍ଦେଶାନାମା ଅନୁଯାୟୀ ମୃତ ଏବଂ ଅବସରପ୍ରାପ୍ତ ଶିକ୍ଷକଦ୍ୱୟ କିପରି ଦାୟିତ୍ୱ ଗ୍ରହଣ କରିବେ ଏହାକୁ ହିଁ ବୁଦ୍ଧିଜୀବିମାନେ ଅପେକ୍ଷା କରିରହିଛନ୍ତି ।

# ମହିଳା ସାଥି ନିଯୁକ୍ତି ବାତିଲ୍ ନହେଲେ ଆନ୍ଦୋଳନ କରିବେ ଗାଁ ସାଥି

କେନ୍ଦ୍ରାପଡା, (ପିଏନ)- ନିଖିଳ ଓଡିଶା ଗାଁ ସାଥି ସଂଘ କେନ୍ଦ୍ରାପଡା ଶାଖା ପକ୍ଷରୁ ମହିଳା ସାଥି ନିଯୁକ୍ତି ବାତିଲ୍ ପାଇଁ ଦାବି କରାଯାଇଛି । ନିଯୁକ୍ତି ବାତିଲ୍ କରା ନଗଲେ ଚଳିତ ମାସ ୧୮ ତାରିଖରେ ଜିଲ୍ଲାପାଳ ଜିଲ୍ଲା କାର୍ଯ୍ୟାଳୟ ସମ୍ମୁଖରେ ସତ୍ୟାଗ୍ରହ କରାଯିବ ବୋଲି ଜିଲ୍ଲା କମିଟି କର୍ମକର୍ତା ମାନେ ମୁଖ୍ୟମନ୍ତ୍ରୀଙ୍କ ଉଦ୍ଦେଶ୍ୟରେ ଏକ ସ୍ମାରକ ପତ୍ର କେନ୍ଦ୍ରାପଡା ଜିଲ୍ଲାପାଳଙ୍କୁ ପ୍ରଦାନ କରିଛନ୍ତି । ସ୍ମାରକପତ୍ରର ଦାବି ମୁତାବକ ଏମ ନରେଗା କାର୍ଯ୍ୟ ପରିଚାଳନା ପାଇଁ ରାଜ୍ୟ ସରକାର ପ୍ରତ୍ୟେକ ରାଜସ୍ୱ ଗ୍ରାମରେ ଦୁଇ ଜଣ ଉଚ୍ଚ ଶିକ୍ଷିତ ଗାଁ ସାଥିଙ୍କୁ ନିଯୁକ୍ତି ଦେଇଥିଲେ । ଚୁକ୍ତି ମୁତାବକ ସେମାନଙ୍କୁ ଥଇଥାନ କରା ନଯାଉଣୁ ପୁନର୍ବାର ପ୍ରତ୍ୟେକ ଗ୍ରାମରେ ଦୁଇଜଣ ମହିଳାଙ୍କୁ ନିଯୁକ୍ତି ଦେବାପାଇଁ ବିଜ୍ଞାପନ ବାହାର କରାଯାଇଛି । ଏହାକୁ ତୁରନ୍ତ ପ୍ରତ୍ୟାହର କରିବା ପୂର୍ବରୁ ଥିବା ଗାଁ ସାଥି ମାନଙ୍କୁ ତାଲିମ୍ ପ୍ରଦାନ କରି ଖାଲିଥିବା ସରକାରୀ ଚାକିରୀରେ ନିଯୁକ୍ତି ଥିବା, ପ୍ରତ୍ୟେକ ଗ୍ରାମରେ ପ୍ରବାସୀ ଶ୍ରମିକ ଓ ବେକାର ଯୁବକ ଯୁବତୀଙ୍କୁ ୨୦୦ ଦିନର କାମ ଯୋଗାଇ ଦେବା ପ୍ରଭୃତି ୫ ଦଫା ଦାବିପତ୍ର ଅତିରିକ୍ତ ଜିଲ୍ଲାପାଳ ବସନ୍ତ କୁମାର ରାଉତଙ୍କୁ ପ୍ରଦାନ କରାଯାଇଛି । ସଂଘର ଉପଦେଷ୍ଟା ଆଇନଜୀବି ରମଣୀ ରଞ୍ଜନ ରାଉତରାୟ, ସଭାପତି ପ୍ରମିଳା ସାମଲ, କ୍ଷିରୋଦ କୁମାର ଖଟୁଆ, ନିତ୍ୟ ସୁନ୍ଦର ଜେନା, ଉପେନ୍ଦ୍ର ସାହୁ, ମୁକୁନ୍ଦ ମହାପାତ୍ର, ରବିନ୍ଦ୍ର ରାଉତ ପ୍ରମୁଖ ଦାବିପତ୍ର ପ୍ରଦାନ ବେଳେ ଉପସ୍ଥିତ ଥିଲେ ।




Bhubaneswar Friday November 26, 2021 ଭୁବନେଶ୍ୱର ଶୁକ୍ରବାର, ନଭେମ୍ବର ୨୬,୨୦୨୧ Daily Edition : R.N.I.No: ODIODI /1999/00717 Postal Regd. No: BN/57/18-20 www.paryabekhyak.com



# ବ୍ରାଉନ ସୁଗାର ବ୍ୟବସାୟୀଙ୍କ ଆୟ ବର୍ହିର୍ଭୁତ ସମ୍ପତିକୁ ବାଜ୍ୟାପ୍ତ ପ୍ରକ୍ରିୟା ଆରମ୍ଭ କଲା ପୋଲିସ



ଖୋର୍ଦ୍ଧା,(ପିଏନ): ଖୋର୍ଦ୍ଧା ସହରରେ ଦିନକୁ ଦିନ ଧଳା ଜହର କାରବାର ବୃଦ୍ଧି ପାଉଥିବା ବେଳେ ଏହାକୁ ରୋକ ଲଗାଇବା ପାଇଁ ପୋଲିସ ପକ୍ଷରୁ ନିଶା ବ୍ୟବସାୟୀଙ୍କ ସମ୍ପତିକୁ ବାଜ୍ୟାପ୍ତ ପ୍ରକ୍ରିୟା ପୋଲିସ ପକ୍ଷରୁ ଆରମ୍ଭ କରାଯାଇଛି । ଏ ନେଇ ଖୋର୍ଦ୍ଧା ଆରକ୍ଷୀ ଅଧିକାରୀ ରାଜକିଶୋର ଦୋରା ଗୁରୁବାର ଦିନ ଏକ ସାମ୍ବାଦିକ ସମ୍ମିଳନୀ ଡାକି ସୂଚନା ଦେଇଥିଲେ । ଖୋର୍ଦ୍ଧା ସଦର ମହକୁମାର ସାମନ୍ତରାପୁର ସାଗୁଆନ ବଗିଚା ଅଂଚଳର କୃଷ୍ଣ ଚନ୍ଦ୍ର ଭୁଜବଳ ଓ ପୁଅ ସୋମନାଥ ଭୁଜବଳ(ପାକୁ) ଦୀର୍ଘ ଦିନଧରି ବ୍ରାଉନସୁଗାର ବ୍ୟବସାୟ କରି ଅନେକ ଦାମୀଗାଡି,ବ୍ୟାଙ୍କ ଆକାଉଂଟ,ନଗଦ ଟଙ୍କା,କୋଠାଘର ସମେତ ସ୍ଥାବର ଓ ଅସ୍ଥାବର ସମ୍ପତି ଯାହାର ଆନୁମାନିକ ୨ କୋଟି ୩୪ ଲକ୍ଷର ୫୨ ହଜାର ଟଙ୍କା ଆୟ ବର୍ହିର୍ଭୁତ ସମ୍ପତି ଠୁଳ କରିଥିଲେ । ଏଥିରେ ଭୁବନେଶ୍ୱର କେନ୍ଦ୍ରାଂଚଳ ଆଇଜିଙ୍କ ନିର୍ଦ୍ଦେଶରେ ଖୋର୍ଦ୍ଧା ଏସପି ଶ୍ରୀ ଦୋରା ଆଦର୍ଶ ଥାନା ଅଧିକାରୀଙ୍କୁ ତଦନ୍ତ କରିବାକୁ ନିର୍ଦ୍ଦେଶ ଦେଇଥିଲେ । ପରେ ଏସପିଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ତିନିଗୋଟି ଟିମ ଗଠନ କରି ତଦନ୍ତକୁ ତ୍ୱରାନ୍ୱିତ କରି କଲିକତାସ୍ଥିତ ସକ୍ଷମ ପ୍ରାଧିକାରୀଙ୍କ ନିକଟରେ ଆୟ ବର୍ହିର୍ଭୁତ ସମ୍ପତି ରଖିବା ଅଭିଯୋଗରେ ବାଜ୍ୟାପ୍ତି ପ୍ରକ୍ରିୟା ପାଇଁ ଆରମ୍ଭ କରାଯାଇଛି । ପୋଲିସର ବିନା ଅନୁମତିରେ ପରିବାର ସଦସ୍ୟ ହୁଅନ୍ତୁ ଅବା ଯେ କେହି ବ୍ୟକ୍ତି ସମ୍ପତି ବିକ୍ରୀ କିମ୍ବା ସ୍ଥାନ୍ତରିତ କରିପାରିବେ ନାହିଁ ବୋଲି ସୂଚନା ଦେଇଛନ୍ତି । ଏତଦବ୍ୟତୀତ ପୁରୀ ବାସେଳି ସାହି ଥାନାରେ ଦୁଇଟି କେଶରେ ଅଭିଯୁକ୍ତ ହୋଇ କୃଷ୍ଣଚନ୍ଦ୍ର ଓ ସୋମନାଥ ଜେଲରେ ରହିଛନ୍ତି ।

## କୁରାଙ୍ଗ ଶାସନ ପଂଚାୟତରେ ବିଜେଡି ଦଳିୟ ପ୍ରାର୍ଥୀ ଘୋଷଣା

ଫୁଲନଖରା,(ପି.ଏନ): ନିଆଳୀ ନିର୍ବାଚନ ମଣ୍ଡଳୀ ବାରଙ୍ଗ ବ୍ଲକ କୁରାଙ୍ଗ ଶାସନ ପଂଚାୟତ ବିଜୁ ଜନତା ଦଳ କର୍ମୀମାନଙ୍କର ଏକ ବୈଠକ ପଂଚାୟତ ସଭାପତି ବିଶ୍ୱନାଥ ସାହୁଙ୍କ ଅଧକ୍ଷତାରେ ଏକ ସଭା ଜଗନ୍ନାଥ ମନ୍ଦିର ପରିଷରରେ ଅନୁଷ୍ଠିତ ହୋଇଥିଲା । ଏଥିରେ ମୁଖ୍ୟ ଅତିଥିଭାବେ ନିଆଳୀ ବିଧାୟକ ତଥା କଟକ ଜିଲ୍ଲା ଯୋଜନା ବୋର୍ଡ ଅଧକ୍ଷ ପ୍ରଫେସର ଡା. ପ୍ରମୋଦ କୁମାର ମଲ୍ଲିକ ମୁଖ୍ୟ ଅତିଥିଭାବେ ଯୋଗଦେଇଥିବା ବେଳେ ବ୍ଲକ ବିଜେଡି ସଭାପତି ଗୋଲେଖ ଚନ୍ଦ୍ର ପାତ୍ର, ଜିଲ୍ଲା ସାଧାରଣ ସଂପାଦକ ଅକ୍ଷୟ କୁମାର ମହାନ୍ତି, ବ୍ଲକ ଯୁବ ବିଜେଡି ସଭାପତି ଶଶିଭୂଷଣ ଦାଶ,ଅରୁଣ କୁମାର ସାହୁ, ଆମ୍ରପଲ୍ଲି ମାଳିକ ଟ୍ରଷ୍ଟ ଅଧକ୍ଷ ଅଶ୍ୱିନୀ କୁମାର ମହାପାତ୍ର, ସତ୍ୟ ମହାନ୍ତି, ଗିରିଧାରୀ ସାହୁ, ଗଗନବିହାରୀ ଜେନା ପ୍ରମୁଖ ଯୋଗଦେଇ ବିଜେଡି ସଂଗଠନ ଉପରେ ପୁଙ୍ଖାନୁ ପୁଙ୍ଖ ଆଲୋଚନା ଓ ଦଳୀୟ କର୍ମୀମାନଙ୍କ ମତାମତ ଅନୁଯାଇ ବିଜୁ ସାହୁ ସରପଂଚ ପ୍ରାର୍ଥୀ ଓ ସତ୍ୟବ୍ରତ ଜେନା ସମିତି ସଭ୍ୟ ପ୍ରାର୍ଥୀଭାବେ ଘୋଷଣା କରାଯାଇଥିଲା । ଏହାକୁ ସର୍ବସମ୍ମତି କ୍ରମେ ସ୍ୱାଗତ କରିଥିଲେ । ଏହି ବୈଠକରେ ବିଶ୍ୱଜିତ୍ ସାହୁ, ସାରଦା ପ୍ରସାଦ ସାହୁ, ତପନ ପାତ୍ର, ଗଙ୍ଗାଧର ଜେନା, ସଂଜୟ ଜେନା, ଅଜିତ୍ ଶାସମଲ, ରବିନାରାୟଣ ଦାସ, ରାଜଦର୍ଶନ ବାରିକ୍ ଓ ଜଟିଆ କାଳିଆ ସମେତ ଏକ ଶହରୁ ଉର୍ଦ୍ଧ ଛାମୁଆ କର୍ମୀମାନେ ଉପସ୍ଥିତ ଥିବା ଦେଖିବାକୁ ମିଳିଥିଲା ।

# ଧର୍ମଶାଳା ପଂଚାୟତ ସମିତିର ସାଧାରଣ ଅଧିବେଶନ




ଧର୍ମଶାଳା,(ପିଏନ୍): ଧର୍ମଶାଳା ପଞ୍ଚାୟତ ସମିତିର ଦଶମ ସାଧାରଣ ଅଧିବେଶନ ଜାରକାସ୍ଥିତ କଳ୍ପତରୁ ଦାସ ଷ୍ଟାଡିଅମ ପରିସର ଇଣ୍ଡୋର ହଲ୍‌ରେ ଆଜି ଅନୁଷ୍ଠିତ ହୋଇଯାଇଛି । ପଞ୍ଚାୟତ ସମିତି ଅଧ୍ୟକ୍ଷ ପ୍ରଭାତ କୁମାର ବଳବନ୍ତରାୟଙ୍କ ସଭାପତିତ୍ୱରେ ଅନୁଷ୍ଠିତ ଶେଷ ବୈଠକରେ ଧର୍ମଶାଳା ବିଧାୟକ ପ୍ରଣବ କୁମାର ବଳବନ୍ତରାୟ ଯୋଗଦେଇ ଶିକ୍ଷା, ଗମନାଗମନ, ଜଳ ଯୋଗାଣ ଓ ଆମ୍ବୁଲାନ୍ସ ସେବା ଉପରେ ଗୁରୁତ୍ୱାରୋପ କରିଥିଲେ । ଭିଡ ନିୟନ୍ତ୍ରଣ ପାଇଁ ଶାନ୍ତିବଜାରରୁ କାଏମା ଏବଂ ଜାରକାରୁ ନାକପୋଲ ପର୍ଯ୍ୟନ୍ତ ରାସ୍ତାକୁ ୪ ଲାଇନ୍ କରିବା ପାଇଁ ଜମି ଅଧିଗ୍ରହଣ ସରିଲେ କାମ ଆରମ୍ଭ ହେବ ବୋଲି ସେ ସୂଚନା ଦେଇଥିଲେ । ଅରାବଳ ସରପଞ୍ଚ ନିର୍ମଳ ସାମଲ ଯୋଗ ଦେଇ ଲକ୍ଷ ଲକ୍ଷ ଟଙ୍କା ଖର୍ଚ୍ଚରେ ବିଭିନ୍ନ ଗାଁରେ ଲଗାଯାଇଥିବା ଅଧିକାଂଶ ଷ୍ଟ୍ରିଟ୍ ଲାଇଟ୍ ଆଉ ଜଳୁ ନଥିବା ଅଭିଯୋଗ କରିଥିଲେ । ସେହିପରି ଅଦିନିଆ ବର୍ଷା ହୋଇ ବାରମ୍ବାର ଚିନାବାଦାମ ଫସଲ କ୍ଷତିଗ୍ରସ୍ତ ହୋଇଛି । କ୍ଷତିଗ୍ରସ୍ତ ଚାଷୀମାନଙ୍କୁ ଆବଶ୍ୟକ ବିହନ ଓ କ୍ଷତିପୂରଣ ଦେବାପାଇଁ ସେ ପ୍ରଶାସନର ଦୃଷ୍ଟି ଆକର୍ଷଣ କରିଥିଲେ । ସେହିପରି ସମିତି ସଭ୍ୟ ଜଳଧର ମହାନ୍ତି, ଜଳଧର ସାହୁ, ସୁଦାମ ଚରଣ ବେହେରା, ପ୍ରସନ୍ନ କୁମାର ରାଉତ, ଚିତ୍ତରଂଜନ ନାୟକ, ସୁବ୍ରତ ଧଳ, ସରପଞ୍ଚ ଦିବାକର ବେହେରା, ଜିଲ୍ଲା ପରିଷଦ ସଭ୍ୟ ନିରନ ରାଉତ, ପ୍ରଣତୀ ଲେଙ୍କା, ମମତା ଦଣ୍ଡପାଟ ପ୍ରମୁଖ ବିଭିନ୍ନ ସମସ୍ୟା ଓ ଏହାର ସମାଧାନ ସଂପର୍କରେ ଆଲୋଚନା କରିଥିଲେ । ବିଡିଓ ଅରବିନ୍ଦ ବେହେରା ପଞ୍ଚମ ରାଜ୍ୟ ଅର୍ଥ କମିସନ ଓ ପଞ୍ଚଦଶ କେନ୍ଦ୍ର ଅର୍ଥ କମିସନ ସଂପର୍କରେ ସୂଚନା ପ୍ରଦାନ କରିବା ସହିତ ୨୦୨୧/୨୨ ଆର୍ଥିକ ବର୍ଷ ପାଇଁ ଯୋଜନା ପ୍ରସ୍ତୁତ କରିବା ପାଇଁ ସଭ୍ୟମାନଙ୍କୁ ପରାମର୍ଶ ଦେଇଥିଲେ । ୨୦୨୦/୨୧ ଆର୍ଥିକ ବର୍ଷରେ ମନରେଗାରେ ୨ ଲକ୍ଷ ୩୭ହଜାର ୪୨୮ ଶ୍ରମ ଦିବସ ସୃଷ୍ଟି କରାଯାଇ ଧର୍ମଶାଳା ବ୍ଲକ୍ ଜିଲ୍ଲାରେ ପ୍ରଥମ ହୋଇଥିବା ଏପିଓ ବିଷ୍ଣୁଦତ୍ତ ଧଳ ସୂଚନା ଦେଇଥିଲେ । ଏହି ବ୍ଲକରେ ୪୦ଟି ମେଗା ଓଭରହେଡ୍ ଟାଙ୍କି ମଧ୍ୟରୁ ୧୦ଟି ସମ୍ପୂର୍ଣ୍ଣ ହୋଇଥିବା ବେଳେ ୨୩ଟି ଶେଷ ପର୍ଯ୍ୟାୟରେ ପହଁଚିଥିବା ପାନୀୟ ଜଳ ଯୋଗାଣ ବିଭାଗର କନିଷ୍ଠ ଯନ୍ତ୍ରୀ ଦୀପକ କୁମାର ଜେନା ସୂଚନା ଦେଇଥିଲେ । ଧର୍ମଶାଳା ତହସିଲଦାର ସ୍ୱାଗତ ଦାଶ, ଏବିଡିଓ ଅସିତ୍ କୁମାର ପାତ୍ର, ଜନସ୍ୱାସ୍ଥ୍ୟ ଅଧିକାରୀ ସୁଧିର କୁମାର ସାହୁ, ଯୋଗାଣ ନିରୀକ୍ଷକ ଜଗମୋହନ ଦାସ ପ୍ରମୁଖ ଅଧିକାରୀ ସଦସ୍ୟମାନଙ୍କର ବିଭିନ୍ନ ପ୍ରଶ୍ନର ଉତ୍ତର ରଖିଥିଲେ । ଜିପିଇଓ ଦିବ୍ୟକାନ୍ତି ମିଶ୍ର ପୂର୍ବ ବୈଠକର ବିବରଣୀ ପାଠ କରିଥିବା ବେଳେ ପଞ୍ଚାୟତ ସମିତି ଉପାଧ୍ୟକ୍ଷା ସୁଜାତା ରାଉତ ଧନ୍ୟବାଦ ଦେଇଥିଲେ ।

# ଟ୍ରକ୍ କ୍ୟାବିନ୍‌ରୁ ଡ୍ରାଇଭରଙ୍କ ମୃତଦେହ ଉଦ୍ଧାର

ଧର୍ମଶାଳା, (ପିଏନ୍): ଧର୍ମଶାଳା ଥାନା ଅନ୍ତର୍ଗତ ଆରୁହା ପଞ୍ଚାୟତ ଆଳିଜଙ୍ଗା ମୌଜାସ୍ଥିତ ସ୍ୱାଇଁ ଷ୍ଟୋନ୍ ପ୍ରଡକ୍ଟ କ୍ରସର ୟୁନିଟ୍ ପରିସରରେ ଥିବା ଏକ ଟ୍ରକ୍ କ୍ୟାବିନ୍‌ରେ ଜଣେ ଡ୍ରାଇଭରଙ୍କ ମୃତ୍ୟୁ ହୋଇଛି । ମୃତ ଡ୍ରାଇଭର ହେଉଛନ୍ତି ଚୌଦ୍ୱାର ଥାନା କୟଳପଡା ଗ୍ରାମର କଳାକର ମଲିକ(୫୬) । ୧୦୮ ଆମ୍ବୁଲାନ୍‌ସରେ ତାଙ୍କୁ ବୁଧବାର ସକାଳେ ଧର୍ମଶାଳା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରାଯାଇଥିଲେ ହେଁ, ଡାକ୍ତର ମୃତ ଘୋଷଣା କରିଥିଲେ । ଖବର ପାଇ ପୁଲିସ୍ ମୃତଦେହକୁ ଜବତ କରିବା ସହ ବ୍ୟବଚ୍ଛେଦ ନିମନ୍ତେ ବଡଚଣା ଡାକ୍ତରଖାନାକୁ ପଠାଇ ଘଟଣାର ତଦନ୍ତ କରୁଛି । ପ୍ରକାଶ ଯେ, ଡ୍ରାଇଭର ଭାବେ କାମ କରିବାକୁ ଆସିଥିବା କଳାକର ଚାକିରୀ ନପାଇ ସୋମବାର ରାତିରେ ଏକ ଟ୍ରକ୍ କ୍ୟାବିନ୍‌ରେ ଶୋଇ ଯାଇଥିଲେ । ହେଲେ ସେଠାରେ ତାଙ୍କର ମୃତ୍ୟୁ ଘଟିଥିଲା । କେଉଁ ପରିସ୍ଥିତିରେ କଳାକରଙ୍କର ମୃତ୍ୟୁ ହେଲା ତାହା ସ୍ପଷ୍ଟ ହୋଇ ନଥିବା ବେଳେ ସେ କୁଆଡେ ଦୁର୍ବଳ ଓ ଅସୁସ୍ଥ ଥିଲେ । ଶବ ବ୍ୟବଚ୍ଛେଦ ରିପୋର୍ଟ ଆସିଲେ ମୃତ୍ୟୁର ପ୍ରକୃତ କାରଣ ଜଣାପଡିବ ବୋଲି କୁହାଯାଇଛି ।

## ସାଇ ମନ୍ଦିର ପ୍ରତିଷ୍ଠା ଉତ୍ସବ

ଖୋର୍ଦ୍ଧା,(ପିଏନ):ଖୋର୍ଦ୍ଧା ଜିଲ୍ଲା ବାଘମାରୀ ଥାନା ଅନ୍ତର୍ଗତ ଶରଧାପୁର ଗ୍ରାମରେ ନୂତନ ଭାବରେ ସାଇ ମନ୍ଦିର ପ୍ରତିଷ୍ଠା ଉତ୍ସବ ଅନୁଷ୍ଠିତ ହୋଇ ଯାଇଛି । ଏ ନେଇ କାର୍ଯ୍ୟକ୍ରମର ପ୍ରାରମ୍ଭରେ ଶ୍ରଦ୍ଧାଳୁମାନେ ଶୁଦ୍ଧପୁତ ଭାବରେ ସ୍ନାନ କରି କଳସ ଶୋଭାଯାତ୍ରାରେ ବାହାରି ଗ୍ରାମ୍ୟ ପରିକ୍ରମା କରାଯାଇ ମନ୍ଦିର ପରିସରରେ କଳସ ସ୍ଥାପନ କରାଯାଇଥିଲା ।ପରେ ପ୍ରତ୍ୟହ ସନ୍ଧ୍ୟା ସମୟରେ ଭଜନ,ସଂକୀର୍ତ୍ତନ ଓ ପ୍ରବଚନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା । ଏଥିରେ ସ୍ଥାନୀୟ ପଂଚାୟତର ବହୁ ଶ୍ରଦ୍ଧାଳୁ ଯୋଗଦାନ କରି ସାଇଜୀଙ୍କ ମନ୍ଦିର ପ୍ରତିଷ୍ଠା କାର୍ଯ୍ୟ ସମାପନ ହୋଇଥିଲା ।

# ଧର୍ମଶାଳା ବିଜେଡ଼ିର ମିଶ୍ରଣ ପର୍ବ




ଧର୍ମଶାଳା, (ପିଏନ୍): ଧର୍ମଶାଳା ବ୍ଲକ ବିଜେଡ଼ିର ଏକ ମିଶ୍ରଣ ପର୍ବ କୋଟପୁର ପଞ୍ଚାୟତ କଲ୍ୟାଣ ମଣ୍ଡପରେ ଅନୁଷ୍ଠିତ ହୋଇଯାଇଛି । ମୁଖ୍ୟମନ୍ତ୍ରୀଙ୍କ ନୀତିଆଦର୍ଶ ଓ ଧର୍ମଶାଳା ବିଧାୟକଙ୍କ ବିକାଶମୂଳକ କାର୍ଯ୍ୟରେ ପ୍ରଭାବିତ ହୋଇ ୧୫ନମ୍ବର ଜୋନ୍‌ର ଶତାଧିକ ବିଜେପି ଓ କଂଗ୍ରେସ କର୍ମୀ ଦଳ ତ୍ୟାଗ କରି ବିଜେଡ଼ିରେ ଯୋଗ ଦେଇଥିଲେ । ନବାଗତ କର୍ମୀମାନଙ୍କୁ ଧର୍ମଶାଳା ବିଧାୟକ ପ୍ରଣବ କୁମାର ବଳବନ୍ତରାୟ ଦଳୀୟ ଉତରୀୟ ପିନ୍ଧାଇ ସ୍ୱାଗତ କରିଥିଲେ । ଜିଲ୍ଲା ବିଜେଡ଼ି ମହାସଚିବ ଡ. ପ୍ରିୟନାଥ ମହାପାତ୍ର, ବ୍ଲକ୍ ବିଜେଡ଼ି ସଭାପତି ଜଳଧର ମହାନ୍ତି, ନିର୍ବାଚନ ମଣ୍ଡଳୀ ସଭାପତି ଜଳଧର ସାହୁ, ଜିଲ୍ଲା ସାଧାରଣ ସମ୍ପାଦକ ବିକାଶ ରଂଜନ ବେହେରା, ବିଜେଡି ନେତା ବଟକୃଷ୍ଣ ରାଉତ, ପିତାମ୍ବର ନାୟକ, ନିର୍ମଳ ଚନ୍ଦ୍ର ପ୍ରଧାନ, ଅମରେନ୍ଦ୍ର ରାୟ, ବିବେକାନନ୍ଦ ମହାନ୍ତି, ବ୍ଲକ୍ ଯୁବ ବିଜେଡି ସଭାପତି କ୍ଷିତୀଶ କୁମାର ନାୟକ, ଛାତ୍ର ବିଜେଡି ସଭାପତି ଜଗଦାନନ୍ଦ ରାଉତ, ଜିଲ୍ଲା ପରିଷଦ ସଭ୍ୟା ମମତା ଦଣ୍ଡପାଟ ଓ ବିଜେଡି ଗାର୍ଲସ ୱିଙ୍ଗ୍ ସଭାନେତ୍ରୀ କ୍ଷୀରାବ୍ଧୀ ତନୟା ମଲିକ ଯୋଗ ଦେଇଥିଲେ ।

# ଶିଶୁ ହିଂସା ରୋକିବାପାଇଁ ସିଏସ୍‌ଓମାନଙ୍କ ସହିତ ରାଜ୍ୟସ୍ତରୀୟ ଆଲୋଚନା




ଭୁବନେଶ୍ୱର : ଶିଶୁଙ୍କ ବିରୁଦ୍ଧରେ ଘଟୁଥିବା ହିଂସାକୁ ରୋକିବାପାଇଁ ଏଠାରେ ନେସନାଲ ଆକ୍ସନ ଆଣ୍ଡ କୋର୍ଡିନେସନ ଗ୍ରୁପ୍ ଫର ଏନଣ୍ଡିଂ ଭାଇଓଲେନ୍ସ ଏଗନେଷ୍ଟ ଚିଲଡ୍ରେନ (ଏନଏସିଜି ଇଭିଏସି) ଇଣ୍ଡିଆ, ସ୍ୱେଚ୍ଛାସେବୀ ସଂଗଠନ ପିକକ, ଓଡିଶା ଶିଶୁ ଅଧିକାର ସୁରକ୍ଷା ଆୟୋଗ ଏବଂ ଡବ୍ଲୁଭିଆଇ ଓ ବିଏମ୍‌ଜେଡ୍‌ର ମିଳିତ ଆନୁକୂଲ୍ୟରେ ଦୁଇ ଦିନିଆ ରାଜ୍ୟ ସ୍ତରୀୟ ସିଭିଲ୍ ସୋସାଇଟି ସଂଗଠନ ଏବଂ ହିତାଧିକାରୀଙ୍କ କର୍ମଶାଳା ଆୟୋଜିତ ହୋଇଛି । ଏନ୍‌ଏସିଜି-ଇଭିଏସି ଇଣ୍ଡିଆର ରାଜ୍ୟ ସଂଯୋଜକ ଶ୍ରୀ ପ୍ରକାଶ ରଥ ସ୍ୱାଗତ ଭାଷଣ ଦେଇଥିବାବେଳେ ଏନ୍‌ଏସିଜି-ଇଭିଏସିର ଜାତୀୟ ଅଧକ୍ଷ ଶ୍ରୀ ରନ ମହାନ୍ତି ମୁଖ୍ୟ ଅଭିଭାଷଣ ପ୍ରଦାନ କରିଥିଲେ । ସେ ଏନ୍‌ଏସିଜି ଇଣ୍ଡିଆର ଲକ୍ଷ୍ୟ ଏବଂ ଶିଶୁମାନଙ୍କ ପ୍ରତି ହିଂସାକୁ ବିଲୋପ କରିବା ପାଇଁ ସାଉଥ ଏସିଆନ ଇନିସିଏଟିଭ ଟୁ ଏଣ୍ଡ ଭାଇଓଲେନ୍ସ ଏଗନେଷ୍ଟ ଚିଲଡ୍ରେନ (ସାଇଭାକ) ସହିତ ଏହାର ସହଯୋଗ ବିଷୟରେ ସୂଚନା ଦେଇଥିଲେ । ପିଲାମାନଙ୍କର ନିରାପତ୍ତା ପାଇଁ ଏକ ସୁରକ୍ଷିତ ପରିବେଶ ସୃଷ୍ଟି କରିବା ଦିଗରେ ପିତାମାତା ଏବଂ ବ୍ୟକ୍ତିମାନଙ୍କର କର୍ତ୍ତବ୍ୟ ଏବଂ ଦାୟିତ୍ୱ ଉପରେ ସେ ନିଜର ମତ ଉପସ୍ଥାପନ କରିଥିଲେ ।ମୁଖ୍ୟ ଅତିଥି ଭାବେ ଯୋଗ ଦେଇ ରାଜ୍ୟ ଶିଶୁ ଅଧିକାର ସୁରକ୍ଷା ଆୟୋଗର ଅଧକ୍ଷା ଶ୍ରମତୀ ସଂଧ୍ୟାବତୀ ପ୍ରଧାନ ଶିଶୁ ଯୌନ ହିଂସାର ବିଲୋପ ଓ ଆଇନର କାର୍ଯ୍ୟକାରିତା ଉପରେ ମତ ରଖିଥିଲେ । ସେ ମଧ ନଭେମ୍ବର ୧ ରୁ ଆରମ୍ଭ ହୋଇ ୧୦ ଡିସେମ୍ବରରେ ଶେଷ ହେବାକୁ ଥିବା ୪୦ ଦିନିଆ ଶିଶୁ ଅଧିକାର ଅଭିଯାନ ଉପରେ ଆଲୋକପାତ କରିଥିଲେ ଏବଂ ବ୍ୟାପକ ସଚେତନତା ଅଭିଯାନ ମାଧ୍ୟମରେ ଏହାକୁ ସମର୍ଥନ କରିବାକୁ ସମସ୍ତ ସିଏସ୍‌ଓ ମାନଙ୍କୁ ନିବେଦନ କରିଥିଲେ ।ଅନ୍ୟମାନଙ୍କ ମଧ୍ୟରେ ଓଏସ୍‌ସିପିସିଆର ସଦସ୍ୟ ସୁଶ୍ରୀ ଦିବ୍ୟା ଶାଶ୍ୱତୀ, ପୂର୍ବତନ ସଦସ୍ୟ ଶ୍ରୀ ହରିହର ନାୟକ, ଆଇନ୍‌ଜୀବୀ ଶ୍ରୀମତୀ ବିଶେଶ୍ୱରୀ ମହାନ୍ତି, ଓଏସ୍‌ସିପିସିଆରର ପୂର୍ବତନ ଅଧକ୍ଷା କସ୍ତୁରୀ ମହାପାତ୍ର, ଓଏସ୍‌ସିପିଏସ୍‌ର ରାଜ୍ୟ ପ୍ରୋଗ୍ରାମ ମ୍ୟାନେଜର ଶ୍ରୀ ପ୍ରୀତିକାନ୍ତ ପଣ୍ଡା, ପିକକର କାର୍ଯ୍ୟନିର୍ବାହୀ ନିର୍ଦ୍ଦେଶିକା ଶ୍ରୀମତୀ ଅନୁରାଧା ମହାନ୍ତି ପ୍ରମୁଖ ପକ୍‌ସୋ ଆଇନ ଏବଂ କିଶୋର ସୁରକ୍ଷା ଓ ଯତ୍ନ ଆଇନ, ଅନଲାଇନ୍ ନିରାପତ୍ତା, ସିଏସ୍‌ଓଙ୍କ ଭୂମିକା, ଶିଶୁ ଅନୁକୂଳ ବ୍ୟବସ୍ଥାର କାର୍ଯ୍ୟକାରିତା ଉପରେ ଆଲୋକପାତ କରିଥିଲେ । ଏହି ଦୁଇ ଦିନିଆ କାର୍ଯ୍ୟକ୍ରମରେ ଓଡିଶାର ସମସ୍ତ ୩୦ ଟି ଜିଲ୍ଲାରୁ ପ୍ରାୟ ୧୦୦ରୁ ଉର୍ଦ୍ଧ୍ୱ ସିଏସ୍‌ଓ ଅଂଶଗ୍ରହଣ କରିଥିଲେ ଏବଂ ଶିଶୁ ଯୌନ ହିଂସାକୁ କିପରି ଦୂର କରାଯାଇପାରିବ ସେ ସମ୍ବନ୍ଧରେ ବିଭିନ୍ନ ଦିଗ ଉପରେ ପରାମର୍ଶ ଓ ବିଚାର ଆଲୋଚନା କରାଯାଇଥିଲା । ଏହି କାର୍ଯ୍ୟକ୍ରମକୁ ପିକକ୍‌ର ଧର୍ମାନନ୍ଦ ସୁନ୍ଦରରାୟ, ସତ୍ୟଜିତ ମହାପାତ୍ର ଓ ସତ୍ୟସୁନ୍ଦର ମହାପାତ୍ର ପ୍ରମୁଖ ପରିଚାଳନା କରିଥିଲେ ।




Printed & Published by Budhadev Mohapatra on behalf of Hiranmayee Media Pvt. Ltd. & Printed at Mayur Offset Printers, Plot No. D-1/1, Mancheswar Industrial Estate, Bhubaneswar-751010 & Published at N-4, F/24, IRC Village, Nayapalli, Bhubaneswar, Dist-Khordha, Pin-751015, Phone : (0674© 2550751/2555116, Fax No. : 2550504, E-mail :editorpbkc@gmail.com, paryabekhyak@gmail.com
ସମ୍ପାଦକ : ଡକ୍ଟର ପବିତ୍ର ମୋହନ ସାମନ୍ତରାୟ
EDITOR : Dr. Pabitra Mohan Samantaray